







# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

## ପୁରାଣ କାହାଣୀ

# ରାଜାଙ୍କ ଗର୍ବ ଖର୍ବ ହେଲା



ଏକଦା ତ୍ରିବିକ୍ରମଙ୍କ ରାଣୀ ତାଙ୍କୁ କିଛି ପରାମର୍ଶ ଦେଲେ ଆପଣଙ୍କ ମନରେ ଉଙ୍କି ମାରୁଥିବା ପ୍ରଶ୍ନକୁ ଖୋଲି ଗୁରୁଙ୍କୁ ପଚାର । ତ୍ରିବିକ୍ରମ ମନରେ ସାହସ ବାନ୍ଧି ଗୁରୁଙ୍କୁ ପ୍ରଶ୍ନ ପଚାରିଲେ ହେ ଗୁରୁବର ଆପଣଙ୍କଠାରୁ ମୁଁ ଶିକ୍ଷା ଗ୍ରହଣ କରୁଛି କିନ୍ତୁ ମୋର କିଛି ଲାଭ ହେଉନାହିଁ । ଏପରି କାହିଁକି ହେଉଛି । ଗୁରୁ ଶାନ୍ତର ସହ କହିଲେ ହେ ରାଜନ ! କଥା ବହୁ ଛୋଟ କିନ୍ତୁ ଆପଣ ଏହି ଛୋଟ କଥା ଉପରେ ଗୁରୁତ୍ୱ ଦେଇନାହାନ୍ତି । ବଡ଼ ହେବାର ଅହଂକାର ଅହଂଭାବ ଯୋଗୁଁ ଆପଣ ମୋ ଜ୍ଞାନକୁ ସହଜେ ଗ୍ରହଣ କରିପାରୁ ନାହାଁନ୍ତି ଓ ଶିକ୍ଷା ଗ୍ରହଣ କରିବାକୁ ଦେଉନାହିଁ । ଏତିକି କହି ଗୁରୁ ରହିଗଲେ । ତ୍ରିବିକ୍ରମଙ୍କୁ ଲାଗିଲା ଯେ ଗୁରୁ କାରଣକୁ ଖୋଜି ବୁଝିପାରିଛନ୍ତି। କିନ୍ତୁ ସେ ସେପରି ଗୁରୁଙ୍କୁ ଚାହିଁ ରହିଥାନ୍ତି। ଗୁରୁ ତାଙ୍କର କଥା ପୁଣି ଥରେ ଆରମ୍ଭ କରି କହିଲେ ଏହା ସତ୍ୟ ଯେ ଆପଣ ଜଣେ ରାଜା। ପଦ ଓ ପ୍ରତିଷ୍ଠାରେ ଆପଣ ମୋଠାରୁ ବଡ଼ା କିନ୍ତୁ ଏଠାରେ ମୁଁ ଓ ଆପଣଙ୍କ ମଧ୍ୟରେ ଥିବା ସମ୍ପର୍କ ହେଉଛି ଗୁରୁଓ ଶିଷ୍ୟର ସଂପର୍କ। ଗୁରୁ ହୋଇଥିବା କାରଣରୁ ମୋ ସ୍ଥାନ ସର୍ବଦା ଉଚ୍ଚରେ ରହିବା ଉଚିତ୍। ଆପଣ ରାଜଦରବାରରେ ସର୍ବଦା ଉଚ୍ଚ ସିଂହାସନରେ ବସିଥିବା ବେଳେ ଆପଣଙ୍କ ସୈନ୍ୟ ଓ ରାଜଗୁରୁ ସେନାପତି ଇତ୍ୟାଦି ତଳ ଆସନରେ ବସିବାକୁ ଦେଇଥାନ୍ତି ଏହି କାରଣରୁ ଆପଣ ଶିକ୍ଷା ଗ୍ରହଣ କରିପାରୁ ନାହାନ୍ତି ଆପଣ ରାଜା ଏଥିପାଇଁ ଆପଣ ଏକଥା କହିପାରୁନଥିଲୋଗୁରୁଙ୍କ ଏପରି କଥା ଶୁଣି ରାଜା ତ୍ରିବିକ୍ରମ ନିଜର ଭୁଲ୍‌କୁ ବୁଝିପାରି ଗୁରୁଙ୍କୁ କ୍ଷମା ମାଗିଲେ ଓ ଶିକ୍ଷା ଗ୍ରହଣ କରିବାରେ ଲାଗିଲେ

# ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ’ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଲି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା’ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

# ରୋବଟ କରେ ହୋଟେଲ କାମ




ଜାପାନରେ ଏକ ଏଭଳି ହୋଟେଲ ରହିଛି; ଯାହା ଆଜିକାଲି ଚର୍ଚ୍ଚାରେ ରହିଛି। ଏହି ହୋଟେଲର ସବୁଠାରୁ ବଡ଼ ବିଶେଷତ୍ୱ ହେଉଛି ଏଠାରେ ଜଣେ ହେଲେ କର୍ମଚାରୀ ମଣିଷ ନୁହନ୍ତି। ସମସ୍ତେ ହେଉଛନ୍ତି ରୋବଟ। ଉକ୍ତ ହୋଟେଲରେ ସମସ୍ତ କାମର ଦାୟିତ୍ୱ ରୋବଟଙ୍କ ଉପରେ ଦିଆଯାଇଛି। ହୋଟେଲକୁ ଆସୁଥିବା ଆଗନ୍ତୁକଙ୍କ ପାଇଁ ଦ୍ୱାରା ଖୋଲିବାଠାରୁ ନେଇ ବୁକିଂ କରିବା ପର୍ଯ୍ୟନ୍ତ କାମ ରୋବଟ ହିଁ ତୁଲାଇଥାନ୍ତି। ‘ହେନ ନା’ ହୋଟେଲରେ ପୂର୍ବରୁ କାମ କରୁଥିବା ସମସ୍ତ କର୍ମଚାରୀଙ୍କୁ ଛଟେଇ କରିଦିଆଯାଇଛି। ୭୨ କକ୍ଷ ରହିଥିବା ଏହି ଆମୋଦଦାୟକ ହୋଟେଲର ଅଭ୍ୟର୍ଥନା କକ୍ଷରେ ଯୁବତୀଙ୍କ ପୋଷାକ ପରିଧାନ କରି ଜଣେ ରୋବଟକୁ ବସାଯାଇଛି। ଏକ ଯାନ୍ତ୍ରିକ ଡାଏନୋସର ଆଗନ୍ତୁକଙ୍କୁ ସ୍ୱାଗତ କରିଥାଏ। ‘ହେନ ନା’ ଅର୍ଥ ଅଲୌକିକ। ଜାପାନରେ ଏହି ହୋଟେଲରେ ଗୋଟିଏ ରାତି କଟାଇବା ପାଇଁ ୭୨ ଡଲାର ଦେବାକୁ ହୋଇଥାଏ। ଆଗନ୍ତୁକଙ୍କ ଜିନିଷପତ୍ର ରୋବଟ ହିଁ ଉଠାଇଥାନ୍ତି ଏବଂ ଆଗନ୍ତୁକଙ୍କୁ ବୁକିଂ ହୋଇଥିବା କକ୍ଷ ପର୍ଯ୍ୟନ୍ତ ନେଇଯା’ନ୍ତି। ଏହି ହୋଟେଲକୁ ଚଳାଉଥିବା ହିଡିୟୋ ସୱାଡା କହିଛନ୍ତି ଯେ ରୋବଟଙ୍କ ବ୍ୟବହାର କେବଳ ଲୋକଙ୍କ ଧ୍ୟାନ ଆକର୍ଷଣ କରିବା ପାଇଁ କରାଯାଉନାହିଁ; ବରଂ ବୈଷୟିକ ଜ୍ଞାନକୌଶଳର ଭରପୂର ଫାଇଦା ଉଠାଇବା ଲାଗି କରାଯାଉଛି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।

# ବାଲି ନିର୍ମିତ ହୋଟେଲ୍



ପିଲାଦିନେ ଆମେ ବାଲିରେ ଅନେକ ଘର ବନାଇ ଖେଳନ୍ତି । କିନ୍ତୁ ସେହି ଘର ସାମାନ୍ୟ ଆଘାତରେ ଭାଙ୍ଗିଯାଏ । କିନ୍ତୁ ନେଦରଲ୍ୟାଣ୍ଡର କିଛି ମୂର୍ତ୍ତି ନିର୍ମାଣକାରୀ ଏହି ବାଲି ଘରକୁ ସ୍ଥାୟୀ ବନାଇବାରେ ସଫଳ ହୋଇଛନ୍ତି ଗୋଟିଏ ହୋଟେଲ୍ ମାଧ୍ୟମରେ । ନେଦରଲ୍ୟାଣ୍ଡର ଓସ୍ ଟାଉନ୍‌ରେ ନିର୍ମାଣ କରାଯାଇଛି ଏହି ହୋଟେଲ୍ । ଏବେ କିନ୍ତୁ ସେହି ହୋଟେଲ୍‌ରେ ଗୋଟିଏ ରୁମ୍‌ର ବ୍ୟବସ୍ଥା କରାଯାଇଛି । ସେହି ରୁମ୍‌ରେ ରହିବାକୁ ହେଲେ ଆପଣଙ୍କୁ ଗୋଟିଏ ଦିନ ପାଇଁ ୧୧ହଜାରଟଙ୍କା ମୂଲ୍ୟ ଦେବାକୁ ହେବ। ହୋଟେଲ୍‌ର ମ୍ୟାନେଜର ମାଦ ବେନ୍ ଲିଓ୍ୱେନ କହନ୍ତି ନେଦରଲ୍ୟାଣ୍ଡରେ ଏଭଳି ବାଲି ତିଆରି ହୋଟେଲ୍ ବନାଇବାର ଆଇଡିଆ ତାଙ୍କୁ ଫିନ୍‌ଲ୍ୟାଣ୍ଡ ଓ ସ୍ୱୀଡେନ୍ ମିଳିଥିଲା । ସେଠାରେ ବରଫ ନିର୍ମିତ ହୋଟେଲ୍ ଦେଖିବାକୁ ମିଳେ । ସେହି ହୋଟେଲ୍ ମଧ୍ୟରେ ବରଫ ନିର୍ମିତ ବେଡ୍ ରହିଛି, ଘରମାନଙ୍କର ତାପମାତ୍ରା ୮ଡିଗ୍ରୀ ସେଲସିୟସ୍ କମ୍ ରହିଥାଏ । ଲିଓ୍ୱେନ୍ ବାଲିର ହୋଟେଲ୍ ବନାଇବା ପାଇଁ ହଜାର ଟନ୍ ବାଲି ସଂଗ୍ରହ କରିଥିଲେ । ବାଲି ଘରକୁ ସୁଦୃଢ଼ କରିବା ପାଇଁ କାଠର ଢ଼ାଞ୍ଚା ପ୍ରସ୍ତୁତ ହୋଇଥିଲା । ପରେ ବାଲିର ଛାତ, ଭୂଇଁ ଓ କାନ୍ଥ ପ୍ରସ୍ତୁତ ହୋଇଥିଲା । ହୋଟେଲରେ ଅତିଥିଙ୍କ ପାଇଁ ୱାଇଫାଇ, ଲାଇଟ୍ ଓ ପାଣିର ସୁବିଧା ରହିଛି ।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି।

# କୀର୍ତ୍ତନ କରିବା ସମୟରେ ଲୋକେ ତାଳିବଜାନ୍ତି କାହିଁକି

ଧାର୍ମିକ ମାନ୍ୟତା ଅନୁସାରେ କୀର୍ତ୍ତନ କରିବା ସମୟରେ ତାଳି ବଜାଇବାର ଏହି ଅର୍ଥ ହେଉଛି ଯେ, ଭକ୍ତ ଭଗବଦ୍ ନାମରେ ଏପରି ଭାବରେ ମଗ୍ନ ହୋଇଯାଏ, ଭଗବାନଙ୍କ ନାମ କୀର୍ତ୍ତନ କରି ବିହ୍ୱଳ ହୋଇସେଥିରେ ବୁଡ଼ିଯିବା, ନାମ ଧରି ଏକ ଧ୍ୟାନରେ ବୁଡ଼ିରହି ଝୁଲି ଝୁଲି ତାଳି ବଜାଇବା । ତାଳି ଧ୍ୱନୀର ତରଙ୍ଗ ପ୍ରଭୁଙ୍କୁ ଆନ୍ଦୋଳିତ କରେ, ଯେପରି ସେ ନିଜର ଭକ୍ତକୁ ରକ୍ଷାକରିବାକୁ ଏବଂ କୃପାରସ ବରଷିବା ପାଇଁ ସ୍ୱୟଂ ସେହି ସ୍ଥାନରେ ପହଞ୍ଚିଯାଆନ୍ତି ।

# ମିଥ୍ୟା ଅଭିମାନ ଉନ୍ନତି ପଥରେ ବାଧକ ସାଜିଥାଏ

ସଫଳତା ହାସଲ କରିବାରେ ଯେଉଁ ଖୁସି ମିଳେ ତାହା କହିହୁଏ ନାହିଁ । କିନ୍ତୁ ସେହି ଖୁସି ଯଦି ଅଧିକରୁ ଅଧିକ ହେଲା ତାହା କ୍ରନ୍ଦନରେ ପରିଣତ ହୋଇଥାଏ। ଖୁସି, ଉଲ୍ଲାସ, ଆନନ୍ଦ ହେବା ସମସ୍ତଙ୍କର ଅଧିକାର । ଏହି ଅଧିକାରରୁ କେହି ବଞ୍ଚିତ ନୁହଁନ୍ତି । ଯିଏ ଏଥିରୁ ବଞ୍ଚିତ ସେ ସର୍ବଦା ଦୁଃଖରେ କାଳାତିପାତ କରିଥାଏ ବୋଲି ଅନେକ କୁହନ୍ତି । ନିଜ ଖୁସିରେ ଖୁସି ନ ହୋଇ ଅନ୍ୟ ଖୁସିରେ ଖୁସି ହେଲେ ଆତ୍ମାକୁ ଆନନ୍ଦ ମିଳିବା ସହ ସଦା ସର୍ବଦା ପ୍ରଫୁଲ୍ଲ ହୋଇଥାନ୍ତି। ଏକଦା ୟୁରୋପ ସେନା ଯୁଦ୍ଧରେ ବିଜୟୀ ହୋଇ ୟୁରୋପ୍ ରାଜାଙ୍କ ମାନ ରଖିଲେ । ସେନାଙ୍କ ବିଜୟରେ ରାଜା ପ୍ରସନ୍ନ ହୋଇ ସେନାପତିଙ୍କ ସହ ସୈନ୍ୟଗଣଙ୍କୁ ସ୍ୱାଗତ ଲାଗି ଯୋଜନା କଲେ । ରାଜା ତାଙ୍କ ମନ୍ତ୍ରୀମାନଙ୍କୁ କହିଲେ, ସେନାପତି ରାଜ୍ୟରେ ପ୍ରବେଶ କରିବା ମାତ୍ରେ ତାଙ୍କର ଜୟଜୟକାର ହେଉ । ଏହି ଭବ୍ୟ ସମାଚାର ପାଇ ସେନାପତି ବହୁ ପ୍ରସନ୍ନ ହେଲେ । ସେ ଏତେ ପ୍ରସନ୍ନ ହୋଇଗଲେ ଯେ ତାଙ୍କ ଖୁସିର ସୀମା ଆଉ ରହିଲା ନାହିଁ ଓ ସେ ଗର୍ବ ଅନୁଭବ କଲେ । ରାଜାଙ୍କ ସ୍ୱାଗତ ଯୋଜନା ଅନୁଯାୟୀ ମନ୍ତ୍ରୀମାନେ ଚାରୋଟି ଧଳା ଘୋଡ଼ାରେ ସେନାପତିଙ୍କୁ ଆସିନ କରାଇ ନଗରରେ ପ୍ରବେଶ କଲେ । ହଠାତ୍ ସେନାପତି ଦେଖିବାକୁ ପାଇଲେ ଆଉ ଏକ ସଜ୍ଜିତ ରଥରେ ଜଣେ ଦାସ ଆସିନ ହୋଇ ସେନାପତିଙ୍କ ରଥ ସହ ସମାନ୍ତର ଭାବେ ରାଜଧାନୀରେ ପ୍ରବେଶ କରୁଛନ୍ତି । ଏହା ଦେଖି ତାଙ୍କ ମଧ୍ୟରେ ଅହଂଭାବ ଜାଗ୍ରତ ହେଲା । ଏହି ଅହଂଭାବକୁ ଜାଣିପାରି ରାଜା ଏହି ଯୋଜନା କରିଥିଲେ । ଏହି ରଥରୁ ସେନାପତି ଜାଣିବାକୁ ପାଇଲେ ଯେ ଛୋଟରୁ ଛୋଟ ସାଧାରଣ ଦାସ ମଧ୍ୟ ତାଙ୍କ ସହ ସମାନ । ସେମାନେ ଗୌରବପୂର୍ଣ୍ଣ ପଦରେ ମଧ୍ୟ ଅଧିଷ୍ଠିତ ହୋଇପାରିବେ । ସେହି ସମୟରେ ତାଙ୍କର ବିଜୟର ଉଲ୍ଲାସ ମଉଳିଯିବା ସହ ତାଙ୍କର ଅଭିମାନ ମଧ୍ୟ ନଷ୍ଟ ହୋଇଗଲା । ମିଥ୍ୟା ଅଭିମାନ ଉନ୍ନତି ପଥର ବାଧକ ସାଜିଥାଏ ।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟାର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

# ୩ ଫୁଟର ବର-କନ୍ୟା



କଥାରେ କୁହନ୍ତି ଯୋଡି ଭଗବାନ ବନାଇ ଥାଆନ୍ତି । ଭଗବାନ ହିଁ ପ୍ରତ୍ୟେକ ମଣିଷ ପାଇଁ ସଠିକ ଜୀବନସାଥୀ ଚୟନ କରିଥାନ୍ତି । ନିକଟରେ ମହାରାଷ୍ଟ୍ରର ଗୋଣ୍ଡାଲବା ସହରର ଛାଜେଡ ପରିବାରରେ ଏକ ବିବାହ ସମ୍ପନ୍ନ ହୋଇଛି । ବିବାହରେ ବରର ଉଚ୍ଚତା ପାଖାପାଖି ୩ ଫୁଟ ହୋଇଥିବା ବେଳେ କନ୍ୟାର ଉଚ୍ଚତା ବି ସେତିକି । ଛାଜେଡ ପରିବାରରେ ଦୁଇ ପୁଅ ଅଛନ୍ତି । ଦୁଇ ଜଣଙ୍କ ଉଚ୍ଚତା ମାତ୍ର ୩.୬ ଫୁଟ । ସେହି ପରିବାରର ସାନ ପୁଅ ଧୀରଜ ବିବାହ କରିଥିଲେ ନିକଟସ୍ଥ ଗାଁର ପୂଜା ସୁରାଣାଙ୍କୁ । ପୂଜାଙ୍କ ଉଚ୍ଚତା ୩.୨ ଫୁଟ ହେବ । ଏହା ପୂର୍ବରୁ ତାଙ୍କ ବଡ ଭାଇଙ୍କ ବିବାହ ଜଣେ ୩.୩ ଫୁଟ ଉଚ୍ଚତାର କନ୍ୟା ସହ ହୋଇଥିଲା । ଏହି ପରିବାରର ସମସ୍ତଙ୍କ ଉଚ୍ଚତା ପ୍ରାୟ ସମାନ ହୋଇଥିବାରୁ ଏହାକୁ ଭଗବାନଙ୍କ ବରଦାନ ବୋଲି କେହି କେହିଁ କୁହନ୍ତି ।




# ତୁ' ମୋତେ ନ ଖା', ମୁଁ ତୋତେ ନଖାଏ

ଆମେ ଯେତେ ନିଶା ଖାଉ, ତା ମଧ୍ୟରେ ଧୂମପାନ ଅନ୍ୟତମ। ଧୂମପାନ ତମାଖୁ ସେବନର ଅନ୍ତର୍ଗତ। ସିଗାରେଟ୍, ବିଡ଼ି ଏବଂ ପିକା ଇତ୍ୟାଦି ସମାଜର ଅଶେଷ କ୍ଷତି କରୁଥିଲେ ହେଁ; ଏହାକୁ ନିଷେଧ କରିବାରେ ସେମିତି କିଛି ଆଖିଦୃଶିଆ କଡ଼ା ଆଇନ୍ ନାହିଁ। ତମାଖୁ ସେବନ ଏବଂ ଧୂମପାନ କାରଣରୁ ଅଧୁନା ପୃଥିବୀରେ ପ୍ରତି ଦଶ ସେକେଣ୍ଡରେ ଜଣେ ମରୁଛନ୍ତି। ଆଶା କରାଯାଏ ଯେ, ଏହାର ବହୁଳ ବ୍ୟବହାର ଉପରେ ଲଗାମ ନଲଗାଇଲେ ଅଥବା ଏହାକୁ ସଂପୂର୍ଣ୍ଣ ବାରଣ ନକଲେ, ପ୍ରତି ସେକେଣ୍ଡରେ ଜଣେ ଲେଖାଏଁ ମରିବା ସୁନିଶ୍ଚିତ। ଆମ ଭାରତରେ ତମାଖୁ ସେବନଜନିତ ସଂଖ୍ୟା ଏବେ ୧୨କୋଟିରୁ ଉର୍ଦ୍ଧ୍ୱ ଏବଂ ଏଥିରେ ପ୍ରତିବର୍ଷ ମରନ୍ତି ପ୍ରାୟ ନଅକୋଟି। ଏକ ସ୍ୱାସ୍ଥ୍ୟ ସୂଚନାରୁ ଜଣାପଡ଼ିଛି ଯେ, ଭାରତର ୬୦ଲକ୍ଷ ହୃଦରୋଗୀଙ୍କ ମଧ୍ୟରୁ ୩୦ଲକ୍ଷ ହୃଦରୋଗୀ ହେଉଛନ୍ତି ତମାଖୁ ବା ଧୂମପାନ ସେବନଜନିତ ରୋଗୀ। ଭାରତରେ ଥିବା କର୍କଟ ରୋଗୀଙ୍କ ମଧ୍ୟରେ ୯୦% ତମାଖୁ ସେବନଜନିତ କର୍କଟ ରୋଗୀ, ମୁଖଗହ୍ୱର କର୍କଟ ରୋଗର ମୁଖ୍ୟ କାରଣ। ଯଦି ସତର୍କତା ଅବଲମ୍ବନ କରାନଯାଏ ତେବେ ନିକଟ ଭବିଷ୍ୟତରେ ଏହା ଆଶାତୀତ ଭାବେ ବୃଦ୍ଧି ପାଇବ। ତମାଖୁରେ ୭୦୦୦ ପ୍ରକାର ରାସାୟନିକ ପଦାର୍ଥ ଅଛି ଯାହା ମଧ୍ୟରୁ ଅଧିକାଂଶ ଉପାଦନରେ ପ୍ରବେଶ କରି ବିଭିନ୍ନ ରୋଗର କାରଣ ହୋଇଥାଏ। ଏହା ଶରୀରକୁ ପ୍ରତ୍ୟକ୍ଷ ବା ପରୋକ୍ଷଭାବେ ପ୍ରଭାବିତ କରିବା ସହ କର୍କଟ, ହୃତପିଣ୍ଡ ସଂକ୍ରାନ୍ତୀୟରୋଗ, ଫୁସ୍‌ଫୁସ୍ ଜନିତ ରୋଗ ଏବଂ ହୃଦ୍‌ଘାତରେ କାରଣ ହୋଇଥାଏ। ଶୁଣି ଆଶ୍ଚର୍ଯ୍ୟ ହେବେ ଯେ, ବିଶ୍ୱର ସର୍ବାଧିକ ମୁଖ କର୍କଟ ରୋଗୀ ଭାରତରେ ହିଁ ଅଛନ୍ତି। ଏହାର ମୁଖ୍ୟ କାରଣ ସେହି ଧୂମପାନ ଏବଂ ତମାଖୁ ସେବନ। ଏବେ କଅଁଳ ବୟସର ପିଲାମାନେ ବିଶେଷକରି ୧୩-୧୫ ବର୍ଷର ପିଲାଏ ସର୍ବାଧିକ ଧୂମପାନ କରୁଛନ୍ତି। ଏହା ଏମିତି ଏକ ନିଶା, ଯାହା ଥରେ ମାତ୍ର ଅଭ୍ୟାସଗତ ହୋଇଗଲେ, ସାରା ଜୀବନ ଛାଡ଼ି ହୁଏନାହିଁ ଏବଂ ତାହା ତୁମକୁ ଗୋଡ଼ାଇ ଗୋଡ଼ାଇ ଖାଏ।

ଗବେଷଣାରୁ ଜଣାପଡ଼ିଛି ଯେ, ପ୍ରତିଟି ସିଗାରେଟ୍ ସେବନ ଦ୍ୱାରା ମଣିଷର ଆୟୁ ୫ମିନିଟ୍ କମିଥାଏ। ଖଣ୍ଡିଏ ହୁକା ଟାଣିଲେ ୧୧ମିନିଟ୍ ଆୟୁ କମେ ଯାହାକି ୨୦ଟି ବିଡ଼ି ଟଣା ସହିତ ସମାନ। ଏହା ଅର୍ଥ ନୁହେଁ ବିଡ଼ିରେ କମ୍ ନିକୋଟିନ୍ ଅଛି ବୋଲି ତାକୁ ଖାଇବା। ଆମେ ମନେରଖିବା ଉଚିତ୍ ଯେ ପ୍ରାଣଘାତୀ ଆକ୍ରମଣ ପାଇଁ ଟୋପାଏ ବିଷପାନ ଯେପରି, ସେମିତି ବିଡ଼ି ଓ ସିଗାରେଟ୍ ଖାଉଥିବା ଲୋକଙ୍କ କଥା। ବିଡ଼ି ବା ସିଗାରେଟ୍ ଅଭ୍ୟାସ କରୁଥିବା ଲୋକଙ୍କର ଆୟୁଷର ୬ରୁ ୧୦ ବର୍ଷ ପୂର୍ବରୁ ମୃତ୍ୟୁବରଣ ହୋଇଥାଏ।

ଏବେ ତ ଉଭୟ ପୁରୁଷ ଏବଂ ମହିଳାମାନେ ତମାଖୁ ସହିତ ଧୂମପାନ କରୁଛନ୍ତି। ଆମ ଭାରତରେ ଏହିପରି ପୁରୁଷ ସେବନକାରୀ ସଂଖ୍ୟା ୫୬.୪% ଏବଂ ନାରୀମାନଙ୍କ ସଂଖ୍ୟା ୪୪.୬%। ଆମ ଦେଶରେ ଏକ ତୃତୀୟାଂଶ ଜନସଂଖ୍ୟା ଏଥିରେ ଅଭ୍ୟସ୍ତ।

ବିଶ୍ୱ ତମାଖୁ ସର୍ବେକ୍ଷଣ ୨୦୧୦ ଅନୁସାରେ ଯୁବକମାନଙ୍କର ୫୨% ଘରେ, କର୍ମକ୍ଷେତ୍ରରେ ୩୦% ଏବଂ ଜନତା ପରିବହନରେ ୧୭.୫% ତମାଖୁ ସେବନ ପ୍ରତି ଉନ୍ମୁକ୍ତ ଅଟନ୍ତି। ଉଲ୍ଲେଖଯୋଗ୍ୟ ଯେ ଯେଉଁମାନେ ଏହାକୁ ସେବନ କରନ୍ତି, ସେମାନେ ତ ଏହାର ଶିକାର ହୁଅନ୍ତି, ତାଙ୍କ ସହିତ ବା ତାଙ୍କ ସଂସ୍ପର୍ଶରେ ଆସୁଥିବା ବ୍ୟକ୍ତି, ଗର୍ଭବତୀ ମହିଳା ଓ ଶିଶୁ ଯେଉଁମାନେ ଅଣଧୂମପାନକାରୀ, ସେମାନେ ଘରେ ବା' କର୍ମକ୍ଷେତ୍ରରେ ଯେଉଁଠି ଥାଆନ୍ତି, ୨୫.୩୦% ହୃଦରୋଗ ଏବଂ ୨୦-୩୦% ଫୁସ୍‌ଫୁସ୍‌ଜନିତ ରୋଗରେ ଆକ୍ରାନ୍ତ ହୁଅନ୍ତି। ଅନ୍ତଃରାଷ୍ଟ୍ରୀୟ ଗବେଷଣାରୁ (ଏସ୍.ଏଚ୍.ଏସ୍) ଏହା ମଣିଷ ପାଇଁ ପଦାଙ୍କିତ କାରଣ ହୋଇଛି। ଏସ୍.ଏଚ୍.ଏସ୍‌ରେ ୭୦୦୦ ବିଷାକ୍ତ ରାସାୟନିକ ମଧ୍ୟରୁ ୬୯ ଗୋଟି କର୍କଟ ରୋଗର କାରଣ। ନିକଟରେ ଏକ ସର୍ବେକ୍ଷଣରୁ ଜଣାଯାଇଛି ଯେ, ତମାଖୁ ସେବନ କାରଣରୁ ଆମେରିକାରେ ପ୍ରତିବର୍ଷ ପ୍ରାୟ ପାଞ୍ଚଲକ୍ଷ ଲୋକ କ୍ୟାନ୍‌ସରର ଶିକାର ହୋଇଥାଆନ୍ତି। ଆମେରିକାର ରୋଗ ନିୟନ୍ତ୍ରଣ ଓ ମୁକାବିଲା କେନ୍ଦ୍ର (ସିଡ଼ିସି)ର ତଥ୍ୟାନୁଯାୟୀ କ୍ୟାନ୍‌ସର ଅର୍ଦ୍ଧାଧିକ ମାମଲା ଫୁସ୍‌ଫୁସ୍ ଓ ଶ୍ୱାସନଳୀ ସମ୍ବନ୍ଧିତ। ଏତଦ୍‌ଭିନ୍ନ ମୁହଁ, ପେଟ ଓ କିଡ଼୍‌ନୀ କ୍ୟାନସର ହେବାର ସମ୍ଭାବନା ମଧ୍ୟ ତମାଖୁ ସେବନରୁ ବୋଲି ସତର୍କ କରାଯାଇଛି। ଦେଶର ଆର୍ଥିକ କ୍ଷେତ୍ରରେ ଏହାର ପ୍ରଭାବ ମଧ୍ୟ ବେଶ୍ କ୍ଷତିକାରକ; ପାଖାପାଖି ୧୬୭ ଶହ କୋଟି ଡଲାର।

ଏସ୍.ଏଚ୍.ଏସ୍ ପ୍ରତି ଉନ୍ମୁକ୍ତ ପିଲାମାନେ ହଠାତ୍ ପ୍ରାଥମିକ ଲକ୍ଷଣ ସହ (ଏସ୍.ଆଇ.ଡ଼ି.ଏସ୍) ତୀବ୍ର ଶ୍ୱାସ, କଣ୍ଠ ସମସ୍ୟା, ଶ୍ୱାସନଳୀ ପ୍ରଦାହ ଏବଂ ଅତିଶୟ ଆଜମା ନିମନ୍ତେ ବର୍ଦ୍ଧିତ ବିପଦରେ ଥାଆନ୍ତି। ଏସ୍.ଏଚ୍.ଏସ୍ ପ୍ରତି ଯୁବକମାନଙ୍କର ଉନ୍ମୁକ୍ତ, ହୃତପିଣ୍ଡ ଓ ଧମନୀ ରୋଗ, କୋରୋନରୀ ହୃଦୟ ରୋଗ ଏବଂ ବାୟୁ କୋଷ ଫୁସ୍ ଫୁସ୍ କର୍କଟର କାରଣ ହୋଇଥାଏ।

୨ ଅକ୍ଟୋବର ୨୦୦୮ରେ ଭାରତ ସରକାର ସର୍ବସାଧାରଣ ସ୍ଥାନରେ "ଧୂମପାନ ନିଷେଧ" ଉପରେ ସଂଶୋଧିତ ଆଇନ୍ ଲାଗୁ କରିଛନ୍ତି। ଏହା ଏକ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କରିଛନ୍ତି। ସର୍ବସାଧାରଣ ସ୍ଥାନରେ ଧୂମପାନ କରୁଥିବା ବ୍ୟକ୍ତିଙ୍କୁ ୨୦୦ଟଙ୍କା ଜୋରିମନା ଦେବାର ନିୟମ ଥିଲା। ଏହାକୁ ଧରାଇଦେବାରେ ସ୍ୱାସ୍ଥ୍ୟ ଓ ଗୃହ ବିଭାଗ ତରଫରୁ କର୍ମଚାରୀମାନଙ୍କୁ ନେଇ ସ୍ୱେଚ୍ଛାସେବୀ ସଂଗଠନ ମାଧ୍ୟମରେ ବ୍ୟବସ୍ଥା ଅଛି। ସରକାରୀ କର୍ମଚାରୀ ତାଙ୍କ କାର୍ଯ୍ୟାଳୟରେ ଧୂମପାନ କଲେ ୫୦୦ଟଙ୍କା ଏବଂ ଦୁଇଜଣ ମିଶି ଧୂମପାନ କଲେ ୧୦ ହଜାର ଟଙ୍କାର ଜୋରିମାନା କଥା ବି ଅଛି।

ଏସବୁ ସତ୍ତ୍ୱେ ଧୂମପାନକାରୀଙ୍କ ସଂଖ୍ୟା ବଢ଼ି ରହିଛି। ଆଇନ୍ ତା' ପୋଥି ଭିତରେ ନୀରବ। କର୍ମୀଙ୍କ କଥା ଛାଡ଼। ମଦ କୁହେ; ତୁମେମାନେ ମୋତେ ଖାଉନ, ମୁଁ ତୁମକୁ ଖାଉଛି। ଏବେ ଧୂମପାନ କଥା ସେୟା, ଆମେ କ'ଣ କହିବା ଯେ ଧୂମପାନ ଆମକୁ ଖାଉ !

ଧୂମପାନ ନିଷେଧ ପାଇଁ ଆମ ଜାତୀୟ ସରକାର ନାନାବିଧ ପଦକ୍ଷେପ ନେଇଛନ୍ତି। ସିଗାରେଟ୍ ଟାଣିବା ଓ ତମାଖୁ ଚୋବାଇବାରେ କଡ଼ା କଟକଣା ଜାରିକରିବାରେ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ଏକ କମିଟି ଗଠନ କରାଯାଇଥିଲା। ଗତ ସେପ୍ଟେମ୍ବର ୨୦୧୪ରେ କମିଟି ତାଙ୍କ ସୁପାରିଶ ଦେଇଛନ୍ତି। ଏହା ଏକ ସ୍ପର୍ଶକାତର ବିଷୟ ହେତୁ ଆଗାମୀ ଶୀତକାଳୀନ ଅଧିବେଶନରେ ସଂସଦରେ ପାରିତ ହୋଇ ନିୟମରେ ପରିଣତ ହେବାର ଅଛି। ଏହା ଯଦି ହୁଏ, ତେବେ ପୂର୍ବ ଆଇନ୍‌ର ସଂଶୋଧିତ ରୂପରେ ସର୍ବସାଧାରଣ ସ୍ଥାନରେ ଧୂମପାନ କଲେ ପୂର୍ବ ପ୍ରଚଳିତ ୨୦୦ ଟଙ୍କା ପରିବର୍ତ୍ତେ ଏହା ୨୦ ହଜାର ଟଙ୍କା ଜୋରିମନା ହେବ। ସିଗାରେଟ୍‌ର ବ୍ୟବହାର ରୋକିବା ଏବଂ ହ୍ରାସ ପାଇଁ ଏଣିକି ପ୍ୟାକେଟ୍‌ରୁ ଖୋଲି କେହି ଖୁଚୁରା ବିକିପାରିବେ ନାହିଁ। କାରଣ ଖୋଲା ସିଗାରେଟ୍ ପାନ ବିଡ଼ି ସିଗାରେଟ୍ ଦୋକାନରେ ଅଧିକ ବିକ୍ରି ହୋଇଥାଏ। ତେବେ ପ୍ୟାକେଟ୍ ବିକ୍ରି ଉପରେ ବି ପ୍ରଶ୍ନବାଚୀ ଅଛି। ପ୍ୟାକେଟ୍‌ଟିଏ ପାଖରେ ଥିଲେ ଅଧିକ ପିଇବାକୁ ଇଚ୍ଛା ହୁଏ। ପୁନଶ୍ଚ କଂପାନୀମାନଙ୍କୁ ସତର୍କ କରାଇ କୁହାଯାଇଛି ଯେ ସେମାନେ ପ୍ୟାକେଟ୍ ଉପରେ ୮୦% ସ୍ଥାନରେ ବୈଧାନିକ ସତର୍କତାସ୍ୱରୂପ ଫଟୋ ସହିତ ଚେତାବନୀକୁ ଦୃଶ୍ୟମାନ ବଡ଼ ଆକାରରେ ସ୍ଥାନିତ କରିବେ। ପୂର୍ବରୁ ଏହାକୁ ଖିଲାଫ କଲେ ୫୦୦୦ ଟଙ୍କା ଜୋରିମନା ଦେବାକୁ ଥିଲା। ଏବେ ଏହାକୁ ୫୦ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଖାଲି ସେତିକି ନୁହେଁ, ତମାଖୁ ସେବନ ନିମନ୍ତେ ସର୍ବନିମ୍ନ ବୟସ୍ ୧୮ରୁ ୨୫କୁ ବୃଦ୍ଧି କରାଯାଇଛି। ଏହା କେତେଦୂର କାର୍ଯ୍ୟକାରୀ ହେବ, ତାହା କେବଳ ଦେଖିବାକୁ ବାକି ରହିଲା।

ପ୍ରତିବର୍ଷ ୧୧ ଅକ୍ଟୋବରକୁ ଧୂମପାନ ନିଷେଧ ଦିବସ ରୂପେ ପାଳନ କରିବାକୁ ଘୋଷଣା କରାଯାଇଛି। ଏହା ମାଧ୍ୟମରେ ଛାତ୍ରଛାତ୍ରୀ, ଶିକ୍ଷକ, ବୁଦ୍ଧିଜିବୀ ଏବଂ ସର୍ବସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରାଇ ଧୂମପାନ ସେବନରୁ ନିବୃତ୍ତ କରାଇବାକୁ ପ୍ରବର୍ତ୍ତାଯାଉଛି।

ଧୂମପାନ କେବଳ ଆମ ରୋଗର ଏକ ମାରାତ୍ମକ କାରଣ ନୁହେଁ। ଏହା ଏକ ନିହାତି ଅସଭ୍ୟତା ଏବଂ ଅଭଦ୍ରତା। ଏ ନେଇ ଗାନ୍ଧି କହିଛନ୍ତି- ***"ଯେବେଠାରୁ ମୁଁ ବଡ଼ ହୋଇଛି, ମୁଁ କେବେବି ଧୂମପାନ କରିବାକୁ ଇଚ୍ଛା କରିନାହିଁ ଏବଂ ସର୍ବଦା ଧୂମପାନ ଅଭ୍ୟାସକୁ ଅସଭ୍ୟ, ଘୃଣ୍ୟ ଓ କ୍ଷତିକାରକ ବୋଲି ବିବେଚନା କରିଛି। ମୁଁ କେବେବି ବୁଝିପାରିନାହିଁ ଯେ ସମଗ୍ର ବିଶ୍ୱରେ ଧୂମପାନ ପାଇଁ ଏତେ ଆବେଗ କାହିଁକି ? ଧୂମପାନ କରୁଥିବା ଲୋକମାନଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥିବା ଏକ ରେଳଡ଼ବାରେ ବସିବାକୁ ମୁଁ ସହ୍ୟ କରିପାରିବି ନାହିଁ। -ସତ୍ୟ ସହିତ ମୋ ପରୀକ୍ଷା।"***

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

ଆମ ଦେଶର ଜାତିଗତ ବିବାଦ ସଂପର୍କିୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭତ୍ସନା ଜାରି ରଖିଛୁ। ପ୍ରତିଦିନ ମନୁଙ୍କ ସପ୍ତପୁରୁଷଙ୍କୁ ଶ୍ରାଦ୍ଧ କରାଯାଉଛି। ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି। ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା। ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିର ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି। ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି। ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା। ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚା-ଇ ରଖିଥିଲେ। ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ। ଖ୍ରୀଷ୍ଟିଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି।

ପ୍ରଥମ ଖ୍ରୀଷ୍ଟାବ୍ଦସରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ। ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ। ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା। ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ। ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ। ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମ କୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା। ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା। ରୋମର ବିଶପଙ୍କୁ ପୋପ କୁହାଗଲା। ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା। ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା। ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା। ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା। ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା। ପୋପ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ। ବିସପ, କାର୍ଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧି କରୁଥିଲେ। ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା। ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ। ସେ ବିସପ, କାର୍ଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ। ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ। ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ। କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା। ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୫୩୪)। ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା। ସେ ଜୀବନଯାକ ଗୃହବନ୍ଦୀ ରହିଲେ। କବର ପାଇଁ ଯାଗା ଦିଆଗଲା ନାହିଁ। କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ। ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ। ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା। ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ। ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ। ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ। ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ। ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ। ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ। ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ। ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭)। ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ। ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ ସମର୍ଥକ ଥିଲେ। ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା। ଅନେକ ରାଜ୍ୟ ଧ୍ୱଂସ ହେଲା। କୁହାଯାଏ ଜର୍ମାନର ଏକ ତୃତିୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ। ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ,୨୩-ଇଷ୍ଟର୍ଣ୍ଣ ଅର୍ଥୋଡସ୍କ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ। ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣେଇଲେ (୮୦ ମିଲିଅନ)। ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା। ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ। ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ। ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ। ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ। ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ। ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ। ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା। ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ। ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା। ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା। ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ। ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା। ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ। ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା। ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ। ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା। ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା। ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ। ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା। ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା। ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା। ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ। ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ। ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ।

# ବିଷାଦଗ୍ରସ୍ତ ଭାରତ

ବ୍ୟସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଷାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖାଯାଇଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଉଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ୍ୟ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ୍ୟ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ ! ତେବେ ଏ ସବୁ ଜାଣି କ'ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ୍ୟ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ୍ୟ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ। ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ଼୍‌କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ। ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଇଯାଇଛି। ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍‌ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତ୍ତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ଅର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଲବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ। କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୁତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଡିସେମ୍ବର ୧୦

# ନୀତି, ଭକ୍ତି ଓ ଅଧ୍ୟବସାୟର ସାକାର ପ୍ରତୀମା


ଇଂ.ସଚ୍ଚିଦାନନ୍ଦ ନନ୍ଦ

ଆସିଥିଲେ ଯିବାକୁ ହୁଏ। ଆବାହମାନ କାଳରୁ ଏହା ଘଟି ଆସିଛି ଏବେ ମଧ୍ୟ ଘଟୁଛି, ଘଟୁଥିବ। ସଂସାରରେ ପ୍ରବେଶ ଓ ପ୍ରସ୍ଥାନ କରିବା ଭିତରେ ମଣିଷର କର୍ମ ହିଁ ତାର ଜୀବନକୁ ସାର୍ଥକ ଜୀବନରେ ପରିଣତ କରିଥାଏ। ପ୍ରତ୍ୟେକ ବ୍ୟକ୍ତି ଗୋଟିଏ ଗୋଟିଏ ସାର୍ଥକ ଜୀବନ ହାସଲ କରିବାକୁ ପ୍ରୟାସ କରିବା ଉଚିତ। କେତେକ ଭକ୍ତି ମାର୍ଗରେ ଅଗ୍ରସର, ହୁଅନ୍ତି ଆଉ କେତେକ ଜ୍ଞାନମାର୍ଗରେ, ଅନ୍ୟ କେତେକ କର୍ମ ମାର୍ଗରେ। ଯିଏ ଯେଉଁ ମାର୍ଗରେ ଥିଲେ ବି ତାଙ୍କୁ କର୍ମ, ଭକ୍ତି ଓ ଜ୍ଞାନ ତିନଟି ଯାକ ପଥ ଅବଲମ୍ବନ କରିବାକୁ ପଡ଼ିଥାଏ। କୌଣସିଟି ଅନ୍ୟ ଦୁଇ ପଥ ଠାରୁ ସଂପୂର୍ଣ୍ଣ ଭିନ୍ନ ହୋଇପାରିନଥାଏ। ଏହି ମାତ୍ର ଆମ୍ଭ ମାନଙ୍କୁ ଶୋକାକୁଳ କରି, ପରିବାର ସଦସ୍ୟଙ୍କୁ ବଜ୍ରାଘାତ ଦେଇ, ନିଜ ସହକର୍ମୀ ମାନଙ୍କୁ ଆଶ୍ଚର୍ଯ୍ୟଚକିତ କରି ଆରପାରିକୁ ଚାଲିଯାଇଥିବା କୁମୁଦ ଚନ୍ଦ୍ର ପଟ୍ଟନାୟକ ଉପରୋକ୍ତ ମାର୍ଗ ତ୍ରୟକୁ ଜୀବନରେ ଅବଲମ୍ବନ କରି ବହୁଳ ଭାବେ ସୁନାମ ଅର୍ଜନ କରିଯାଇଛନ୍ତି।

ତ୍ୟାଗପୂତ ଓ ଦେଶପ୍ରେମୀ ✝କାଶୀନାଥ ପଟ୍ଟନାୟକ ଓ ମାତା ✝ଶକୁନ୍ତଳା ପଟ୍ଟନାୟକଙ୍କ କୋଳମଣ୍ଡନ କରି ଗଞ୍ଜାମ ଜିଲ୍ଲାର ଖୁକୁନ୍ଦିଆ ନୂଆଗଡ଼ ଗ୍ରାମରେ ଜନ୍ମଲାଭ କରିଥିବା ସୁପୁତ୍ର କୁମୁଦ ଚନ୍ଦ୍ର ପିତାଙ୍କ ସଦୃଶ ଏକ ସଂଗ୍ରାମୀ କେବଳ ନଥିଲେ ବିଜୟୀ ମଧ୍ୟ ହୋଇଥିଲେ। ପିତା ସ୍ୱାଧୀନତା ସଂଗ୍ରାମରେ ଯୋଗଦେଇ ଏକାଧିକ ବାର କାରାବାସ କରିଥିଲେ ଯାହା ପ୍ରଭାବରେ ପୁତ୍ର ମଧ୍ୟ ଜନସେବା ଦିଗରେ ପ୍ରଭାବିତ ହୋଇଥିଲେ ବାଲ୍ୟକାଳରୁ। ପିତା ଏକ ସ୍କୁଲର ପ୍ରଧାନ ଶିକ୍ଷକ ଥିବାରୁ ପୁତ୍ରକୁ ମଧ୍ୟ ଏକ ଶୃଙ୍ଖଳିତ ଓ ଅଧ୍ୟବସାୟୀ ଛାତ୍ର ଭାବେ ଗଢ଼ିତୋଳି ଥିଲେ ଯାହାଫଳରେ ପୁତ୍ର କୁମୁଦ ଚନ୍ଦ୍ର ଆସ୍କାରୁ ମାଟ୍ରିକ, କଟକର ଖ୍ରୀଷ୍ଟ ମହାବିଦ୍ୟାଳୟରୁ ପିୟୁ ପାସକରି ଉଚ୍ଚତର ଶିକ୍ଷା ପାଇଁ ଅର୍ଥ ବ୍ୟବସ୍ଥା କରିବା ଲକ୍ଷ୍ୟରେ ଦେବୋତ୍ତର ବିଭାଗରେ ସ୍ୱଳ୍ପ ସମୟ ପାଇଁ ଚାକିରୀ କରିଥିଲେ। ତା ସହିତ ରେଭେନ୍ସା ସାନ୍ଧ୍ୟ ମହାବିଦ୍ୟାଳୟରେ ଅଧ୍ୟୟନ କରି ବି.ଏ. ପାସ କଲେ। ବନ ବିଭାଗରେ କିଛି ଦିନ ମୁକରିର ହୋଇ ନିଜ ପ୍ରଚେଷ୍ଟା ବଳରେ ବିଭିନ୍ନ ବିଭାଗକୁ ଦରଖାସ୍ତ କରୁ କରୁ ଆୟକର ବିଭାଗରେ ଭର୍ତ୍ତି ହେଲେ। ବିଭାଗୀୟ ବିଭିନ୍ନ ପରୀକ୍ଷାରେ ଉତୀର୍ଣ୍ଣ ହୋଇ ଆଇଟିଓ ପଦ ମଣ୍ଡନ କରି ଦୀର୍ଘ ବର୍ଷ କୃତୀତ୍ୱର ସହ ଦାୟିତ୍ୱ ସମ୍ପାଦନ କରି ଉପରିସ୍ଥ କର୍ମକର୍ତ୍ତାଙ୍କର କେବଳ ବିଶ୍ୱାସ ଭାଜନ ହୋଇନଥିଲେ, ବାରମ୍ବାର ପୁରସ୍କୃତ ମଧ୍ୟ ହୋଇଥିଲେ। ଚଳିତ ବର୍ଷ ବିଭାଗର ଅମୃତ ମହୋତ୍ସବରେ ମଧ୍ୟ କେନ୍ଦ୍ର ସରକାରଙ୍କ ଦ୍ୱାରା ସମ୍ମାନିତ ଓ ସମ୍ବର୍ଦ୍ଧିତ ହୋଇଥିଲେ। ଏହା ତାଙ୍କ କଠୋର ଅଧ୍ୟବସାୟର ପରିଚୟ ଦିଏ। ଏଥିରେ ତାଙ୍କ ସହଧର୍ମିଣୀଙ୍କ ସକ୍ରିୟ ଭୂମିକା ନିଶ୍ଚିତ ଭାବେ ଉଲ୍ଲେଖଯୋଗ୍ୟ।

ଜୀବନର ମଧ୍ୟାହ୍ନରେ ଭଗବାନ ଶ୍ରୀ ସତ୍ୟସାଇ ବାବାଙ୍କ ସଦାଶୟତା ଲାଭ କରି ନିଜକୁ ଆଧ୍ୟାତ୍ମିକ ମାର୍ଗରେ ବୁଡ଼ାଇ ଦେଇଥିଲେ। ସେବାକୁ ପରମ ତପସ୍ୟା ଭାବି ଲୋକହିତକର କର୍ମକୁ କେବେ ବି ହାତଛଡ଼ା କରୁନଥିଲେ। ନିଜ ଗ୍ରାମ ଠାକୁର ମନ୍ଦିରର ଉନ୍ନତିକଳ୍ପେ ଏକ କୂପ ଖନନ ସହ ପକ୍କା ଘର ନିର୍ମାଣ କରି ଗ୍ରାମବାସୀ ମାନଙ୍କ ଆଶୀର୍ବାଦର ପାତ୍ର ହୋଇଥିଲେ। କଟକ ସତୀଚଉରା ବନ୍ଧତଳେ ପଲାମାରି ରହୁଥିବା ଅଭାବୀ ମାନଙ୍କ ପାନୀୟ ଜଳର ସୁବିଧା ପାଇଁ ଏକ ନଳକୂପ ସ୍ଥାପନ କରି, ସପ୍ତାହିକ ସ୍ୱାସ୍ଥ୍ୟ ପରୀକ୍ଷା ସହ ମାଗଣା ଔଷଧ ଯୋଗାଣ ତାହା ପୁଣି ବର୍ଷ ବର୍ଷ ଧରି କୁମୁଦ ଚନ୍ଦ୍ରଙ୍କୁ ଏକ ବିଶ୍ୱାଳ ହୃଦୟ ବ୍ୟକ୍ତି ଭାବେ ଚିତ୍ରଣ କରିପାରିଛି। ସାଇ ସଙ୍ଗଠନରେ ମଧ୍ୟ ତାଙ୍କ ଉଦାରତା, ଅକୁଣ୍ଠ ମନବୃତ୍ତି ଭଗବାନ ସତ୍ୟସାଇଙ୍କ ପ୍ରିୟ କରିଥିବ ନିଶ୍ଚୟ। ସଙ୍ଗଠନରେ ସେ ଜଣେ ସାଧାରଣ ସଭ୍ୟ ଠାରୁ ଆରମ୍ଭ କରି ମଣ୍ଡଳ ଆବାହକ, ସମିତି ଆବାହକ ଏବଂ ଜିଲ୍ଲା ସଭାପତି ପର୍ଯ୍ୟନ୍ତ ଉନ୍ନୀତ ହୋଇଥିଲେ। ଶେଷକୁ ସତ୍ୟସାଇ ସ୍କୁଲର ସଚିବ ଭାବେ ଅବସ୍ଥାପିତ ହୋଇ ସ୍କୁଲର ଆର୍ଥିକ ସ୍ଥିତିକୁ ସୁଦୃଢ଼ କରିପାରିଥିଲେ। ସ୍କୁଲର ବାର୍ଷିକ ପତ୍ରିକା ପ୍ରକାଶନ ତଥା ବାର୍ଷିକ ଉତ୍ସବ ପରିଚାଳନାରୁ ତାଙ୍କ ଜ୍ଞାନର ଗାରିମା ସ୍ପଷ୍ଟ ଭାବେ ଉଜ୍ଜ୍ୱଳି ଉଠୁଥିଲା। ସଂକୀର୍ଣ୍ଣତା ତାଙ୍କୁ ଛୁଇଁ ପାରିନଥିଲା। ଯେଉଁମାନେ ତାଙ୍କ ସଂସ୍ପର୍ଶରେ ଆସିଛନ୍ତି ସେ ସମସ୍ତେ ତାଙ୍କ ସ୍ନେହ ଓ ପ୍ରେମ ଭାବର ପରଶରେ ମୁଗ୍ଧ ହୋଇ ମନର ସନ୍ତୋଷ ଲାଭ କରିଛନ୍ତି। ନୀତିବାନ ଓ ନ୍ୟାୟ ପରାୟଣ ବ୍ୟକ୍ତିମାନେ ମଧ୍ୟ କାହା କାହାର ଆକ୍ରୋଶର ଶିକାର ହେବା ପୁରାଣ ପୃଷ୍ଠାରୁ ଆରମ୍ଭ କରି ଆଜିର ରାଜନୀତିରେ ମଧ୍ୟ ଦେଖାଯାଉଅଛି। ସେଥିରେ ବିବ୍ରତ ନ ହୋଇ ନିଜ କର୍ତ୍ତବ୍ୟ ପଥରେ ଦୃଢ଼ ରହିବା ହିଁ ଶାସ୍ତ୍ର ଗୁଡ଼ିକର ନିର୍ଦ୍ଦେଶ। ଭଗବାନ ଦିଂବଗତ ଆତ୍ମାକୁ ତାଙ୍କ ପଦପ୍ରାନ୍ତରେ ସ୍ଥାନ ଦିଅନ୍ତୁ, ପରିବାରକୁ ଆଶ୍ୱାସନା ଦିଅନ୍ତୁ, ସେ ଅଧା ରଖି ଯାଇଥିବା କର୍ମକୁ ପୂର୍ଣ୍ଣାଙ୍ଗ ରୂପ ଦେବା ସହିତ ତାଙ୍କ ଦିବ୍ୟ ଶୁଭଦୃଷ୍ଟି ଦେଉଥାନ୍ତୁ – ଏତିକି ପ୍ରାର୍ଥନା।

*ଅଲିଶା ବଜାର, କଟକ,*
*ଦୂରଭାଷ : ୯୩୩୭୨୪୨୯୫୫*

# ସେଲ୍ଫ ହାର୍ମ ଥିଙ୍କିଙ୍ଗ୍


ଡାକ୍ତର ସମ୍ରାଟ କର

ସକାଳୁ ବର୍ଷା ଲାଗି ରହିଥାଏ। ଅନେକ ସମୟ ଲମ୍ବା ରିଂ ପରେ ଦେଖିଲେ ସୁଦୂର କାଲିଫର୍ଣ୍ଣିଆରୁ ଫୋନ କରିଛନ୍ତି ବାନ୍ଧବୀ ନିରୁପମା। ନିରୁପମା ତାଙ୍କ ପୁଅ ସୌମ୍ୟସାଇ ସିଦ୍ଧାର୍ଥକୁ ନେଇ କେଜାଣି କାହିଁ ଭାରି ଚିନ୍ତିତ। ତାଙ୍କ କହିବା ମୁତାବକ ପିଲାଟି ହିଂସାତ୍ମକ ବା ଅଭଦ୍ର ଆଚରଣର ନୁହଁ କିନ୍ତୁ କେଜାଣି କାହିଁକି ବେଳେ ବେଳେ ଉତ୍ତେଜିତ ହୋଇଯାଇ ନିଜର କିଛି ଗୋଟିଏ ଛୋଟବଡ଼ ଶାରୀରିକ କ୍ଷତି କରି ବସୁଛି। ଯାହାକି ପରବର୍ତ୍ତୀ ସମୟରେ ମାନସିକ ଅସ୍ଥିରତା ଓ ଘରେ ଅଶାନ୍ତିର ଝଡ଼ ଦେଖିବା ପାଇଁ ମିଳୁଛି। ମୁଁ ତାଙ୍କ ଠାରୁ ସବିଶେଷ ଶୁଣିବା ପରେ କହିଲି ବର୍ତ୍ତମାନର ସମୟରେ ଯୁବିପିଢିଙ୍କ ମଧ୍ୟରେ ଏବେ ଏକ ଅଜବ ପ୍ରତିକ୍ରିୟା ଦେଖିବାକୁ ମିଳୁଛି। କୌଣସି କାର୍ଯ୍ୟରେ ଅସଫଳ ହେଲେ ସେମାନଙ୍କ ଧୈର୍ଯ୍ୟଚ୍ୟୁତି ଘଟୁଛି ଏବଂ ସେମାନେ ନିଜ ମାନସିକ ଭାରସାମ୍ୟ ହରାଉଛନ୍ତି। ଏପରି ସମୟରେ ସେମାନଙ୍କ ଠାରେ ସେଲ୍ଫ ହାର୍ମ ଥିଙ୍କିଙ୍ଗ ବୃଦ୍ଧି ପାଉଥିବା ଦେଖାଯାଉଛି। ଏହା ଏକ ମାନସିକ ନୁହଁ ବ୍ୟବହାରିକ ରୋଗ। ଯେଉଁଥିରେ ସୁଇସାଇଡ଼ର ଇଚ୍ଛା ନଥାଇ ଉଦ୍ଦେଶ୍ୟମୂଳକ ଭାବରେ ନିଜର ଶାରୀରିକ କ୍ଷତି କରାଯାଏ। ସେଲ୍ଫ ହାର୍ମ ବିଭିନ୍ନ ପ୍ରକାରର ରହିଛି। ଉଦାହରଣ ହେଉଛି ତୀକ୍ଷ୍ଣ ବସ୍ତୁ କିମ୍ବା ଉତ୍ତାପ ସାହାଯ୍ୟରେ ହାତର ଚର୍ମକୁ ଆଘାତ ପହଞ୍ଚାଇବା। ସହିପରି ଅତ୍ୟଧିକ ଔଷଧ ସେବନ, ନିଜ ଶରୀରକୁ ଜଳାଇବା, କୌଣସି କଠିନ ବସ୍ତୁକୁ ମୁଥା ମାରିବା, ନିଜ ମୁଣ୍ଡ ପିଟିବା ଆଦି କାର୍ଯ୍ୟ ସେଲ୍ଫ ହାର୍ମ ଥିଙ୍କିଙ୍ଗରେ ଅନ୍ତର୍ଭୁକ୍ତ। ଏହି ଭାବନା ଆସିବାର ମୁଖ୍ୟ କାରଣ ପାରିବାରିକ ସମସ୍ୟା। ଏହାଛଡ଼ା ଶାରୀରିକ ଓ ମାନସିକ ଶୋଷଣ, ଦୀର୍ଘଦିନ ଡିପ୍ରେସନରେ ରହିବା, ଏକୁଟିଆପଣ ଆଦି ସମସ୍ୟା ଯୋଗୁଁ ସେଲ୍ଫ ହାର୍ମ ଥିଙ୍କିଙ୍ଗ ଆସିପାରେ। ଏଥିରୁ ବର୍ତ୍ତିବା ଲାଗି ନିଜ ସମସ୍ୟା ତଥା ଭାବନାକୁ ସାଙ୍ଗ ଓ ପରିବାର ଲୋକଙ୍କ ସହ ସେୟାର କରନ୍ତୁ। ଏହା ବ୍ୟତୀତ ପ୍ରୋବ୍ଲେମ ସଲଭିଂ ଥେରାପୀ, କଗ୍ନିଟିଭି ଥେରାପୀ ଏବଂ ସାଇକୋଡିନାମିକ ଥେରାପୀର ସାହାଯ୍ୟ ନେଇ ପାରିବେ। ମାନସିକ ଶାନ୍ତି ଲାଗି ଯୋଗ ଓ ଧ୍ୟାନ କରିବା ସହ ଭ୍ରମଣରେ ଯାଇପାରିବେ। ଏହାଛଡ଼ା ଡେଲି ଡାଏରୀରେ ମେଣ୍ଟେନ କରିପାରିବେ। ସଙ୍ଗୀତ ଶୁଣିପାରିବେ କିମ୍ବା ଚିତ୍ର ଆଙ୍କି ପାରିବେ। ବାସ୍ତବରେ ସେଲ୍ଫ ହାର୍ମ ଥିଙ୍କିଙ୍ଗ ଏକ ସେପରି ମାନସିକ ଅସନ୍ତୁଳନ ନୁହେଁ। ଏହାର ନିରାକରଣ କ୍ଷେତ୍ରରେ ପୀଡ଼ିତର ପାଖରେ ରହୁଥିବା ଲୋକ ବା ସେ ପ୍ରତିଦିନ ମିଳାମିଶା କରୁଥିବା ଲୋକମାନଙ୍କର ଗୁରୁଦାୟିତ୍ୱ ରହିଛି। କୌଣସି ପରିସ୍ଥିତିରେ ପୀଡ଼ିତ ଜଣଙ୍କୁ ବିରକ୍ତି କରନ୍ତୁ ନାହିଁ କିମ୍ବା ସେ ଦୁଃଖିତ ହେଲା ପରି ବା ଉତ୍ତେଜିତ ହେଲା ପରି କୌଣସି କାର୍ଯ୍ୟ କରନ୍ତୁ ନାହିଁ।

*ମାନସିକରୋଗ ବିଶେଷଜ୍ଞ, ଦି'ବ୍ରେନ,*
*ପୁରୀଘାଟ ରୋଡ଼, କଟକ*

# ''ଅଶାନ୍ତସ୍ୟ କୁତଃ ସୁଖଂ''


ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

ଆଜିର ପାର୍ଥିବ ଓ ଜାଗତିକ ସଂସାରରେ ସମସ୍ତେ ଶାନ୍ତିପୂର୍ଣ୍ଣ ସହବସ୍ଥାନ ଚାହାଁନ୍ତି। କହିବାକୁଗଲେ ସର୍ବଦା ଶାନ୍ତି ପ୍ରାପ୍ତ ନିମିତ୍ତ ସମସ୍ତେ ଆଶା ରଖନ୍ତି। ମାତ୍ର ଏହି ଶାନ୍ତି କେଉଁଠାରୁ ପ୍ରାପ୍ତ ହେବ ସେ ସମ୍ବନ୍ଧରେ କେହି କେବେ ଚିନ୍ତାର ଅବକାଶ ରଖନ୍ତିନାହିଁ। କିନ୍ତୁ ପ୍ରକୃତ କଥା ହେଉଛି ଶାନ୍ତି ଆମ ଭିତରୁ ସୃଷ୍ଟି ହୋଇ ବାହାରକୁ ଖେଳିଯିବା ଦରକାର । ଆମ ସମସ୍ତଙ୍କ ଜୀବନ ଅନେକ ପ୍ରକାରେ ଖଣ୍ଡବିଖଣ୍ଡିତ ହୋଇଛି । ଆମେ ଏମିତି ଜୀବନ କାଟୁଛେ ଯେଉଁଥିରେ ବ୍ୟକ୍ତି ଅନେକ ଭାଗରେ ବାଣ୍ଟି ହୋଇଯାଉଛି । ଆମ ପାଖରେ ଏକ ଭୌତିକ ଶରୀର ଅଛି, ମନ ଓ ବୁଦ୍ଧି ଅଛି, ଭାବନା ଅଛି ଏବଂ ଆମର ଏକ ଆଧାତ୍ମିକ ପକ୍ଷ ମଧ୍ୟ ଅଛି । ଅଧିକାଂଶ ଲୋକ ନିଜର ଆଧାତ୍ମିକ ପକ୍ଷ ପ୍ରତି ସଚେତନ ନୁହଁନ୍ତି । ଏହି ପ୍ରସଙ୍ଗରେ ଯୁଗାବତାର ଭଗବାନ ପୁରୁଷୋତ୍ତମ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଛନ୍ତି – ଶାନ୍ତ ଭାବ ମାନେ ସାମ୍ୟ ଅବସ୍ଥା। ପ୍ରବୃତ୍ତି ଅଭିଭୂତି ଓ ସ୍ୱାର୍ଥାନ୍ଧତାର ଆକୁଳ ବିକୁଳ ଯେତେ କମିଯାଏ, ମନୁଷ୍ୟ ସେତେ ଶାନ୍ତ ହୁଏ। ଶାନ୍ତ ଅବସ୍ଥାରେ ସତ୍ ବା ଅସ୍ତିତ୍ୱ ପ୍ରତି ପ୍ରେମ ଜାଗେ। ମନୁଷ୍ୟ ଗୁରୁମୁଖୀ ଓ ଈଶ୍ୱରମୁଖୀ ହୁଏ। ଅନ୍ତର ଭିତରେ ସେବା ମନୋଭାବ ଜାଗି ଉଠେ। ଗୁରୁ ହେଉଛନ୍ତି ଭଗବାନଙ୍କର ସାକାର ମୂର୍ତ୍ତି ଓ ଅଖଣ୍ଡ। ଗୁରୁଙ୍କୁ ସେବା କରୁ କରୁ ମନୁଷ୍ୟ ଭିତରେ ଦାସ୍ୟ ଭାବ, ସଖ୍ୟ ଭାବ, ବାତ୍ସଲ୍ୟଭାବ, ମଧୁରଭାବ ଓ ସନ୍ନ୍ୟାସଭାବ ଜାଗ୍ରତ ହୁଏ। ମଧୁର ଭାବର ତାତ୍ପର୍ଯ୍ୟ ହେଉଛି, ନିଜର ଜୀବନ ଓ ଚରିତ୍ରକୁ ସର୍ବତୋ ଭାବରେ ଗୁରୁଙ୍କର ଉପଭୋଗ୍ୟ କରି ଉଠାଇ ନିଜେ ସୁଖୀ ହେବା। ଆଉ ଏହା ହିଁ ହେଉଛି ଶାନ୍ତ ବା ସମାହିତ ଅବସ୍ଥା।

ଶାନ୍ତିର ପ୍ରଥମ ସୋପାନ ଅହିଂସା । ଏଥିପାଇଁ ସବୁଠାରୁ ପ୍ରଥମେ ଶବ୍ଦରେ ଅହିଂସା ଆଚରଣ କରିବାକୁ ହେବ । ଲକ୍ଷ୍ୟ ରଖିବାକୁ ହେବ ଯେପରି ଆମ ଓଠରୁ ଏମିତି ଶବ୍ଦ ବାହାରି ନଯାଉ ଯାହା ଅନ୍ୟକୁ କଷ୍ଟ ଦେବ । ଯଦି ସମ୍ଭବ ଆମର କଥା ଏମିତି ହେବା ଦରକାର ଯାହା ଦୁଃଖୀ ହୃଦୟ ପାଇଁ ମଲମ ହେବ । ଯଦି ହୃଦୟରେ କେହି ଦୁଃଖର ବୋଝ ନେଇ ଆମ ପାଖକୁ ଆସିଛି, ସେ ଆମ ପାଖରୁ ଯିବାବେଳେ ତା' ହୃଦୟର ଦୁଃଖ ହାଲ୍କା ହୋଇଯାଇଥିବା ଆବଶ୍ୟକ । ତା'ର ହୃଦୟକୁ ଶାନ୍ତି ମିଳିବା ଉଚିତ । ଏଥିସହ ମନରୁ ଚିନ୍ତା ଓ ଡ଼ର ମଧ୍ୟ ଚାଲିଯିବା ଦରକାର । ଶାନ୍ତିର ଦ୍ୱିତୀୟ ସୋପାନ ପ୍ରେମ । ଆମ ଭିତରେ ଏମିତି ପ୍ରେମଭାବ ରହିବା ଆବଶ୍ୟକ ଯାହା ସବୁ ସୀମାର ବନ୍ଧନରୁ ମୁକ୍ତ ହୋଇଥିବ । ଆମ ପାଖକୁ ଯିଏ ବି ଆସୁ, ସେ ଯେଉଁ ଧର୍ମର, ଯେଉଁ ଲିଙ୍ଗର, ଯେଉଁ ଦେଶର ହୋଇଥାଉ ନା କାହିଁକି, ଆମେ ତାକୁ ପ୍ରେମର ବନ୍ଧନରେ ବାନ୍ଧିନେବା ଆବଶ୍ୟକ । ବାହ୍ୟ ସୌନ୍ଦର୍ଯ୍ୟରେ ବିମୋହିତ ହୋଇଯିବା ଅପେକ୍ଷା ଆମେ ସମସ୍ତଙ୍କ ହୃଦୟର ସୌନ୍ଦର୍ଯ୍ୟକୁ ବୁଝିପାରିବା ଆବଶ୍ୟକ । ଆମ ଦୁଆରକୁ ଯିଏ ବି ଆସୁ, ସେ ପ୍ରେମର ଅନନ୍ୟ ଅନୁଭବ ନେଇ ଫେରୁ, ଯାହା କି ସେ ଅନ୍ୟ କେଉଁଠାରେ ମଧ୍ୟ ପାଇ ନଥିବ । ଏହାପରେ ଆମ ଠାରୁ ଅନ୍ୟଜଣେ ଯାହା ବି ପାଇବ ତାହା ଅଶାନ୍ତିର କାରଣ ହେବନି ।

ଶାନ୍ତି ମିଳିବାର ତୃତୀୟ ସୋପାନ ସତ୍ୟ । ଆମେ ସବୁବେଳେ ନିଜ ପ୍ରତି ସ୍ୱଚ୍ଛ ରହିବା, ଜୀବନର ପ୍ରତି ମୋଡ଼ରେ ସତ୍ କହିବା ଓ ସତ୍ ଜୀବନ ଜିଇବା । ଆମେ କାହାକୁ ଧୋକା ଦେବାନି କିମ୍ବା କାହାପ୍ରତି କପଟ ଆଚରଣ କରିବା ନାହିଁ । ଆଖପାଖର ସମସ୍ତେ ଅସ୍ୱଚ୍ଛ ହୋଇଗଲେ ବି ଆମେ ଆଦର୍ଶରୁ ବିଚ୍ୟୁତ ହେବାନାହିଁ । ଆମେ ଆମର ସମ୍ବନ୍ଧ ପ୍ରତି ନିଷ୍ଠାବାନ ଓ ସଙ୍କୋଚ ରହିବା । ଯାହାକୁ ଆମେ ଭଲପାଏ ତାକୁ ମିଛ କହିଲେ ସେ ଜାଣିପାରେ ଓ କଷ୍ଟପାଏ ସେଥିରେ । ଏହାଦ୍ୱାରା ଆମର ସମ୍ପର୍କ ଓ ଚରିତ୍ର ଉଭୟ ନଷ୍ଟ ହୁଏ । ତେଣୁ ଯେଉଁ ବିଚାର ହୃଦୟରେ ଅଛି ତାହା ବାକ୍ୟ ଓ କର୍ମରେ ପ୍ରକାଶିତ ହେବା ଉଚିତ୍ ।

ଆମେ ଅଳ୍ପ କିଛି ସମୟ ପାଇଁ ଅନ୍ୟକୁ ଧୋକା ଦେଇପାରିବା, ମାତ୍ର ଈଶ୍ୱରଙ୍କ ଦୃଷ୍ଟିକୁ ଧୋକା ଦେଇପାରିବା ନାହିଁ । ସବୁବେଳେ ସତ୍ୟର ହିଁ ବିଜୟ ହୁଏ । ଶାନ୍ତିର ମୂଳଦୁଆ ନମ୍ରତା । ନମ୍ରତାର ଅର୍ଥ ଆମ ମନରେ ଏହି ବିଚାର ଆସିବ – ଆମେ ସମସ୍ତେ ଗୋଟିଏ ସୃଷ୍ଟିର ଅଂଶ । କେବଳ ଈଶ୍ୱର ହିଁ ମହାନ । ଈଶ୍ୱରଙ୍କ ଆଗରେ ଆମେ ସାମାନ୍ୟ ବାଳକ । ତାଙ୍କ ବିନା ଆମର ଅସ୍ତିତ୍ୱ ନାହିଁ । ନମ୍ରତା ଦ୍ୱାରା ଅନ୍ୟର ବିଶେଷତ୍ୱର ସମ୍ମାନ କରିବା ଶିଖନ୍ତୁ ଏବଂ ନିଜ ପାଖରେ ଥିବା ଗୁଣ ନିମନ୍ତେ ଈଶ୍ୱରଙ୍କ ଠାରେ କୃତଜ୍ଞ ରୁହନ୍ତୁ । ନମ୍ରତାରେ ଆମେ ସେହି ଘୃଣା ଓ କଠୋରତାକୁ ଶେଷ କରିପାରିବା ଯାହାକି ଆଜି ବିଭିନ୍ନ ଧର୍ମ, ଜାତି, ଭାଷା ଓ ସମ୍ପ୍ରଦାୟ ମଧ୍ୟରେ ଖେଳିଯାଇଛି । ନମ୍ରତା ଆମ ସମସ୍ତଙ୍କୁ ଏକ କରିପାରିବ, ହିଂସା ଓ ଯୁଦ୍ଧକୁ ଶେଷ କରିପାରିବ । ଯେତେବେଳେ ଆମେ ଆମର ଆତ୍ମା ସହ ସଂଯୁକ୍ତ ହୁଏ, ସେତେବେଳେ ଈଶ୍ୱରଙ୍କ ସହ ମଧ୍ୟ ସଂଯୁକ୍ତ ହୁଏ । ଈଶ୍ୱରଙ୍କ ପାଖରେ ସବୁକିଛି ଅଛି ଏବଂ ସବୁକିଛି ପ୍ରଭୁଙ୍କର । ଏହି ଭାବନା ଆମ ମନରେ ଶାନ୍ତି ଦିଏ । ଯେତେବେଳେ ଆମେ ନିଜ ଆତ୍ମା ସହ ସଂଯୁକ୍ତ ହୁଏ ସେତେବେଳେ ପ୍ରେମ, ଶାନ୍ତି, ଆନନ୍ଦ ଓ ସନ୍ତୋଷ ନିଜ ଭିତରେ ପାଏ । ତେଣୁ ଆମର ସମସ୍ତେ ନିଜକୁ ସମ୍ପୂର୍ଣ୍ଣ କରିବାକୁ ଚେଷ୍ଟା କରିବା ଆବଶ୍ୟକ, ଏହାଦ୍ୱାରା ଆମେ ସାରା ଦୁନିଆକୁ ସମ୍ପୂର୍ଣ୍ଣ କରିପାରିବା । ସବୁଠାରୁ ବଡ଼ କଥା ଏହାଦ୍ୱାରା ଆମେ ଦୁନିଆକୁ ସୁସ୍ଥ ଓ ଶାନ୍ତିମୟ କରିପାରିବା ।

ଶାନ୍ତି ମାନେ ମନର ଗତିହୀନ ଅବସ୍ଥା ନୁହେଁ, ସୁକେନ୍ଦ୍ରିକ ଓ ସକ୍ରିୟ ଭାବେ ଚାଲିବା ଦ୍ୱାରା ମନର ଯେଉଁ ଅବସ୍ଥା ଆସେ ତାହା ହିଁ ଶାନ୍ତି। ସୁକେନ୍ଦ୍ରିକ କର୍ମ ମାଧ୍ୟମରେ ସାଫଲ୍ୟ ଆସିଲେ ହିଁ ଶାନ୍ତି ପ୍ରାପ୍ତି ହୁଏ। ଶାନ୍ତି ମାନେ ସାମ୍ୟହରା ଅବସ୍ଥା ନୁହେଁ, ନିନଡ ଅବସ୍ଥା ନୁହେଁ। ପରିବର୍ତ୍ତନ ମଧ୍ୟରେ ସମତା ହିଁ ଶାନ୍ତି। ଅତୁଟ ଭକ୍ତି ଓ ଅନୁରାଗ ଆମ୍ଭ ମାନଙ୍କୁ ଶାନ୍ତି ଆଣିଦେଇପାରେ। ସୁକେନ୍ଦ୍ରିକ ନ ହେଲେ ମନ ସ୍ୱତଃ ହିଁ ବିଚ୍ଛିନ୍ନ ହୁଏ ଓ ଭାଙ୍ଗିଯାଏ। ଶାନ୍ତିର ଏକମାତ୍ର ପଥ ହେଉଛି ପ୍ରବୃତ୍ତି-ଅଭିଭୂତିରୁ ମୁକ୍ତି ଓ ଇଷ୍ଟ ବା ଗୁରୁଙ୍କ ଠାରେ ଆତ୍ମ ସମର୍ପଣ। ପ୍ରବୃତ୍ତି ଅଭିଭୂତ ହେଲେ ସତ୍ତା ଜୀର୍ଣ୍ଣଶୀର୍ଣ୍ଣ ହୋଇଯାଏ। ଶାନ୍ତିର ପଥ ହେଲା ଇଷ୍ଟ ବା ସଦ୍‌ଗୁରୁଙ୍କ ଠାରେ ଅଚ୍ୟୁତ ନିଷ୍ଠା ଓ ଇଷ୍ଟସ୍ୱାର୍ଥପ୍ରତିଷ୍ଠାପନ୍ନ ହେବା। ଇଷ୍ଟ ହେଉଛନ୍ତି ଖୁଣ୍ଟି। ସତ୍ତା ସମ୍ବର୍ଦ୍ଧନା ସମ୍ବନ୍ଧୀୟ ଜ୍ଞାନ ଯିଏ ଆଚରଣ କରି ଜାଣିଛନ୍ତି ସେ ହିଁ ଇଷ୍ଟ। ଇଷ୍ଟଙ୍କ ଉପରେ ଅଚ୍ୟୁତ ଟାଣ ହିଁ ଶାନ୍ତିର ବଡ଼ଦାଣ୍ଡ। ଆମ୍ଭମାନଙ୍କ ଭିତରେ ସୁରତ ଅଛି, ସଂସକ୍ତିର ଆକୂତି ଅଛି, ଆସକ୍ତି ଅଛି ଓ ଏ ସବୁ ଇଷ୍ଟ ବା ଗୁରୁଙ୍କ ଠାରେ ଅଚ୍ୟୁତ ହେଲେ, ଇଷ୍ଟସ୍ୱାର୍ଥ ପ୍ରତିଷ୍ଠାର ଉପଚୟୀ ହେଲେ ଗୁରୁଙ୍କର ନୀତି ଗୁଡ଼ିକ ପ୍ରକାଶ ହୋଇଉଠେ ଚରିତ୍ରରେ। ସେତେବେଳେ ପ୍ରବୃତ୍ତି ଗୁଡ଼ିକ ସ୍ୱାଭାବିକ ଭାବରେ ନିୟନ୍ତ୍ରିତ ହୁଏ ଓ ଜ୍ଞାନ, ପ୍ରଜ୍ଞା ଓ ଚରିତ୍ରର ସମାହାରରେ ବ୍ୟକ୍ତିର ଆତ୍ମାଭିମୁଖୀ ପ୍ରକାଶ ଘଟେ। ସଙ୍ଗାତ୍ ସଞ୍ଜାୟତେ ଶ୍ରଦ୍ଧା, ଶ୍ରଦ୍ଧୟା ଦୃଷ୍ଟି ଶୁଦ୍ଧତା, ଦୃଷ୍ଟି ଶୁଦ୍ଧେର୍ହି ବିଶ୍ୱାସଃ, ବିଶ୍ୱାସାତ୍ ନିର୍ବିଚାରତା, ନିର୍ବିଚାରାତ୍ ଭବେତ୍ ପ୍ରେମ, ପ୍ରେମାଣ୍ଣାତ୍ମ ସମର୍ପଣଂ। ଶାନ୍ତିର ପଥ ହେଉଛି ଯୁଗାବତାର ପୁରୁଷୋତ୍ତମ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ରଙ୍କ ସ୍ୱହସ୍ତ ଲିଖିତ ପବିତ୍ର ସତ୍ୟାନୁସରଣ ପୁସ୍ତକର ଦେବବାଣୀ – ସଦ୍‌ଗୁରୁଙ୍କ ଶରଣାପନ୍ନ ହୁଅ, ସତ୍‌ନାମ ମନନ କର, ଓ ସତ୍‌ସଙ୍ଗର ଆଶ୍ରୟ ଗ୍ରହଣ କର, ମୁଁ ନିଶ୍ଚୟ କହୁଛି ତୁମକୁ ଆଉ ତୁମର ଶାନ୍ତି ଓ ଉନ୍ନୟନ ପାଇଁ ଭାବିବାକୁ ହେବନାହିଁ।' ଶ୍ରୀ ଶ୍ରୀ ଠାକୁର ବଜ୍ର ନିର୍ଘୋଷିତ କଣ୍ଠରେ ଆହ୍ୱାନ ଦେଲେ – ସଦ୍‌ଗୁରୁଙ୍କୁ ଧରିବାକୁ ପଡ଼ିବ, ନାମ କରିବାକୁ ପଡ଼ିବ, ସତ୍‌କର୍ମ କରିବାକୁ ପଡ଼ିବ। ଯେଭଳି ଶରୀର ପାଇଁ ଖାଦ୍ୟ ଆବଶ୍ୟକ ସେହିଭଳି ମନ-ପ୍ରାଣ ଓ ସୁରତକୁ ତା'ର ଉପଯୁକ୍ତ ଖାଦ୍ୟ ପ୍ରତିଦିନ ଦେବା ଆବଶ୍ୟକ। ଯଜନ, ଯାଜନ, ଇଷ୍ଟଭୃତି, ସ୍ୱସ୍ତ୍ୟୟନୀ ଓ ସଦାଚାର ହେଲା ମନ-ପ୍ରାଣ ଓ ସୁରତର ପ୍ରଧାନ ଖାଦ୍ୟ। ଗୁରୁ ହିଁ ପାଳନକର୍ତ୍ତା ଓ ରକ୍ଷାକର୍ତ୍ତା। ଗୁରୁମୟ ହେଲେ ହିଁ ଜୀବନ ଗୌରବମୟ ହୁଏ। ସମସ୍ତ ପ୍ରେରିତ ପୁରୁଷମାନେ ହିଁ ବୈଶିଷ୍ଟ୍ୟପାଳୀ ଆପୂରୟମାଣ। ଉତ୍ସମୁଖୀନତା ହିଁ ସେମାନଙ୍କର ଚରିତ୍ରଗତ ଲକ୍ଷଣ। ସେମାନେ ଅନନ୍ତ ଜ୍ଞାନ ଓ ଗୁଣର ଭଣ୍ଡାର ହେବା ସତ୍ତ୍ୱେ ମଧ୍ୟ କୌଣସି ହୀନମନ୍ୟ ଅହଙ୍କାରର ଅଧୀନ ହୁଅନ୍ତି ନାହିଁ। ତାଙ୍କ ସଂସ୍ପର୍ଶରେ ମନୁଷ୍ୟର ଆତ୍ମିକ ଚେତନା ସ୍ୱତଃ ହିଁ ଉଦ୍‌ବୋଧିତ ହୋଇଉଠେ। ସେମାନେ ନିଜେ ସମାହିତ ପ୍ରବୃତ୍ତିର ପୁରୁଷ ବୋଲି ଯେକୌଣସି ସମସ୍ୟାର ସମାଧାନର ପଥ ଦେଖାଇଥାନ୍ତି। ଇଷ୍ଟ ଗୁରୁ ଓ ପୁରୁଷୋତ୍ତମଙ୍କୁ ପ୍ରତ୍ୟାଶା ରହିତ ଭଲ ପାଇବା ମାଧ୍ୟମରେ ଶାନ୍ତି ଆସେ। ସେଥିପାଇଁ ଦ୍ୱାପର ଯୁଗରେ ପୁରୁଷୋତ୍ତମ ଭଗବାନ ଶ୍ରୀକୃଷ୍ଣ ଗୀତାରେ କହିଛନ୍ତି – ନାସ୍ତିବୁଦ୍ଧିରଯୁକ୍ତସ୍ୟ ନଚାୟୁକ୍ତସ୍ୟ ଭାବନା, ନ ଚାଭାବୟତଃ ଶାନ୍ତି ରଶାନ୍ତସ୍ୟ କୁତଃ ସୁଖଂ।

*ପ୍ରଫେସର, ହେପାଟୋଲୋଜି ବିଭାଗ,*
*କଟକ, ଦୂରଭାଷ : ୯୪୩୭୦୫୧୯୫୭*

# ୧୯୬୬ ମସିହାର ଗୋ ସୁରକ୍ଷା ଆନ୍ଦୋଳନ


ଡାଃ ସୁରେନ୍ଦ୍ର ନାଥ ଦାଶ

ଅନେକ ଯୁଗାନ୍ତକାରୀ ଐତିହାସିକ ଘଟଣା ଚର୍ଚ୍ଚା ଓ ପ୍ରଚାର ଅଭାବରୁ କିଛି ଦିନ ପରେ ଜନ ମାନସର ବିସ୍ମୃତି ଗର୍ଭରେ ଲୀନ ହୋଇଯାଏ। କାରଣ କିଛି ରାଜନୈତିକ ଦଳ ନିଜର ସ୍ୱାର୍ଥ ପାଇଁ ଏହାର ପ୍ରଚାର ଉପରେ ରୋକ ଲଗାଇଥାଆନ୍ତି । ମାତ୍ର ଏହି ଚେଷ୍ଟା ସବୁବେଳେ ସମ୍ଭବ ହୁଏନାହିଁ। ପାଉଁଶ ତଳର ନିଆଁ ଭଳି ବିସ୍ମୃତିର ଗର୍ଭରୁ ଘଟଣାର କାହାଣୀ ଆଗ୍ନେୟଗିରିର ଉତ୍ତପ୍ତ ଲାଭା ଭଳି ନିର୍ଗତ ହୋଇ ଜନମାନସ କୁ ଆଚ୍ଛନ୍ନ କରିଦିଏ,ଅତୀତକୁ ମନେ ପକାଇ।

୧୯୬୬ ମସିହାରେ ଦେଶର ଅଗଣିତ ସାଧୁ ସନ୍ଥଙ୍କର ଗୋ ସୁରକ୍ଷା ଦାବି ନେଇ ପାର୍ଲିଆମେଣ୍ଟ ଘେରାଉ,ସେମାନଙ୍କ ଉପରେ ପୋଲିସର ଗୁଳିଚାଳନା 'ଳରେ ଆଠଜଣ ସାଧୁ ଙ୍କ ମୃତ୍ୟୁ.ସାରା ବିଶ୍ୱରେ ହଇଚଇ ସୃଷ୍ଟି କରିଥିଲା । ସ୍ୱାଧିନତା ପରେ ପ୍ରଥମ ଥର ପାଇଁ ସୈନ୍ୟ ବାହିନୀକୁ ବେସାମରିକ କାମରେ ନିୟୋଜିତ କରାଗଲା। ପ୍ରାୟ ୧ ବିଲିଅନ ସଂପତ୍ତି ପୋଡା ଜଳାରେ ନଷ୍ଟ ହୋଇଥିଲା।

କେଉଁ ଆଦିମ କାଳରୁ ଗାଭୀକୁ ଭାରତର ସନାତନୀ ହିନ୍ଦୁ ସମାଜରେ ମାଆର ଆସନ ଦିଆ ଯାଇଛି। ଗାଭୀର ଦୁଗ୍ଧ ପାନକରି ଆମେ ପୃଷ୍ଟ ହେଉ। ଆର୍ଯ୍ୟ ମାନେ ପ୍ରକୃତିର ପ୍ରତ୍ୟେକ ଉପକାରୀ ଶକ୍ତିକୁ ଦେବତାର ଆସନ ଦେଇଥିଲେ। ସେମାନେ ଗାଭୀକୁ ପବିତ୍ର ପଶୁ ତଥା ସମସ୍ତ ଦେବତା ଙ୍କ ଆଶ୍ରୟ ସ୍ଥଳ ବୋଲି ବର୍ଣ୍ଣନା କରିଯାଇଛନ୍ତି । ପୁରାଣରେ କଲ୍ୟାଣକାରୀ କାମଧେନୁ,ସବଳା, ନନ୍ଦିନୀଙ୍କ ଭଳି ଦୈବ୍ୟ ଶକ୍ତିଧାରିଣୀ ଗୋମାତାଙ୍କ ବର୍ଣ୍ଣନା କରାଯାଇଛି । ତେଣୁ କୌଣସି ହିନ୍ଦୁ ସେହି ପରମ ଉପକାରୀ ପ୍ରାଣୀର ନିଷ୍ଠୁର ବଧ କଳ୍ପନା କରି ପାରେନା। ସ୍ୱାଧିନତା ପୂର୍ବରୁ ଓ ପରେ ଅଧିକାଂଶ ହୁନ୍ଦୁ ମୁସଲମାନ ସଂପ୍ରଦାୟିକ ବିବାଦ ଗୋ ବଧ ନେଇହିଁ ଘଟିଯାଇଛି।

ହିନ୍ଦୁ ମାନ ଙ୍କ ମାନିସକତାକୁ ସମ୍ମାନ ଜଣାଇ ଭାରତ କୁ ଶାସନ କରିଥିବା ମୁସଲମାନ ଶାସକ ମାନେ ମଧ୍ୟ ଗୋବଧ କୁ ନିଷେଧ କରିଥିଲେ। ଆକବରଙ୍କ ସମୟରେ ଗୋବଧ ପାଇଁ ପ୍ରାଣ ଦଣ୍ଡର ବ୍ୟବସ୍ଥା ଥିଲା। ଇଂରେଜ ମାନେ ଭାରତୀୟ ମାନ ଙ୍କ ଏଭଳି ମାନିସକତାକୁ ସମ୍ମାନ ଦବାକୁ ପ୍ରସ୍ତୁତ ନଥିଲେ ।ବିଭିନ୍ନ ରଣ କ୍ଷେତ୍ର କୁ ସୈନ୍ୟଙ୍କ ଖାଦ୍ୟ ପାଇଁ ଓ ବ୍ୟବସାୟିକ ଲାଭ ପାଇଁ ସେମାନେ ଗୋ ମାଂସ ରପ୍ତାନୀକୁ ପ୍ରୋତ୍ସାହନ ଦେଲେ । ସିପାହୀ ବିଦ୍ରୋହର ମୁଖ୍ୟ କାରଣଥିଲା ଗୋରୁ ଚର୍ବି କୁ ବନ୍ଧୁକ କାର୍ଟିଜ ମାନଙ୍କ ତିଆରିରେ ବ୍ୟବହାର କରିବା।

ପ୍ରଥମେ ୧୮୮୨ ମସିହାରେ କିଛି ଶିଖ ସଂପ୍ରଦାୟ ଗୋ ସୁରକ୍ଷା ଦାବି କଲେ । ପଞ୍ଜାବର ଆର୍ଯ୍ୟ ସମାଜୀ ସେମାନ ଙ୍କୁ ସମର୍ଥନ କଲେ ।୧୮୮୩ ମସିହାରେ ସେମାନେ ପଞ୍ଜାବରେ ଦେଶର ପ୍ରଥମ ଗୋରକ୍ଷଣୀ ସ୍ଥାପନା କଲେ ।୧୯୯୩ ମସିହାରେ ଗୋ ବଧକୁ ବିରୋଧ କରି ହିନ୍ଦୁ ମୁସଲମାନଙ୍କ ମଧ୍ୟରେ ଦେଶବ୍ୟାପି ଦଙ୍ଗା ହୋଇଗଲା । ୧୯୪୭ ମସିହାରେ ଭାରତ ସ୍ୱାଧିନତା ପାଇଲା । ଗୋ ବଧକୁ ସମର୍ଥନ କରୁଥିବା ମୁସଲମାନମାନେ ପାକିସ୍ତାନ ପାଇଗଲେ । ହିନ୍ଦୁ ବହୁଳ ଭାରତରେ ନିଜ ସଂସ୍କୃତିର ଶ୍ରୀବୃଦ୍ଧି ପାଇଁ ଗୋବଧ ନିଷେଧ କରାଯାଉ ବୋଲି ଦାବି କରାଗଲା । ମାତ୍ର ପ୍ରଧାନମନ୍ତ୍ରୀ ନେହରୁ ଭାରତକୁ ଧର୍ମ ନିରପେକ୍ଷ ରାଷ୍ଟ୍ର ଘୋଷଣା କରି ଏଭଳି ଦାବିକୁ ପ୍ରତ୍ୟାଖାନ କଲେ । ସମ୍ବିଧାନରେ ଗୋ ସୁରକ୍ଷାକୁ ଉସକ୍ୱରମସ୍ୱସର୍ଙ୍ଗର ଚକ୍ୱସଭମକ୍ତ୍ରକ୍ଷର କ୍ଟଳ ଝସ୍ୱବସ୍ୱର କ୍ଟକ୍ଟକ୍ଷସମଚ୍ଛ ରେ ଅନ୍ତର୍ଗତ କରି ଭାରତ ସରକାର ନିଜ ହାତ ଝାଡି ଦେଲେ।୧୯୬୬ ମସିହାରେ ଗୋବଧ ନିଷେଧ ପାଇଁ ଦାବି ବଢିବାକୁ ଲାଗିଲା। ସେତେବେଳକୁ ନେହରୁ ନଥିଲେ । ରାଷ୍ଟ୍ରିୟ ସ୍ୱୟଂ ସେବକ ସଂଘର ମୁଖ୍ୟ ଗୋଲଓ୍ୱାକର ଗୋବଧ ନିଷେଧର ଜଣେ ଦୃଢ ସମର୍ଥକ ଥିଲେ। ହିନ୍ଦୁ ମହାସଭା, ରାମରାଜ୍ୟ ପରିଷଦ,ଶିଖ ସଭା ଓ ଦେଶ ର ଅନେକ ସାଧୁ ସନ୍ଥ, ଚାରି ଧାମର ଶଙ୍କରାଚାର୍ଯ୍ୟ ମାନେ ଏହା କୁ ସମର୍ଥନ କରିଥିଲେ । ଭବିଷ୍ୟତ ଆନ୍ଦୋଳନ କରିବା ପାଇଁ ଏକ କେନ୍ଦ୍ରୀୟ କମିଟି ଗଠିତ ହେଲା ,ଯାହାର ସଭାପତି ରହିଲେ ଧର୍ମ ସଂଗଠନ ଓ ରାମରାଜ୍ୟ ପରିଷଦର ମୁଖ୍ୟ ଶ୍ରୀମଦ କରପତ୍ରଜୀ ମହାରାଜ । ଅଗଷ୍ଟ ମାସରେ ଗୋବଧ ନିଷେଯ ଦାବି କରି ମହାରାଷ୍ଟ୍ରର ଓ୍ୱାସିମ ଠାରେ ଆନ୍ଦୋଳନରେ ପୋଲିସ ଗୁଳିରେ ୧୧ ଜଣ ଙ୍କ ମୃତ୍ୟୁ ଘଟିଲା । ପ୍ରତିବାଦ କରିବା ପାଇଁ ଦେଶ ର କୋଣ ଅନୁକଣ ରୁ ଶହଶହ ସାଧୁ ଦିଲ୍ଲୀରେ ପହ୍‌ଂବାକୁ ଲାଗିଲେ। ପାର୍ଲିଆମେଣ୍ଟ ଭିତରେ ଧସାଇପଶି ସେମାନଙ୍କ ଦାବିକୁ ମାନିବାକୁ ବାଧ୍ୟ କରାଯିବାର ଯୋଜନା ଥିଲା । ସେମାନ ଙ୍କର ବିଶ୍ୱାସଥିଲା ହିନ୍ଦୁ ସନ୍ୟାସୀ ଉପରେ ହାତ ଉଠାଇବାକୁ କୌଣସି ପୋଲିସ ସାହାସ କରିବ ନାହିଁ । ସେତେବେଳେ ନେହରୁଙ୍କ କନ୍ୟା ଇନ୍ଦିରା ଗାନ୍ଧି ପ୍ରଧାନମନ୍ତ୍ରୀ ଓ ଗୁଲଜାରିଲାଲ ନନ୍ଦା ଗୃହ ମନ୍ତ୍ରୀ ଥିଲେ। ନନ୍ଦା ଭାରତ ସାଧୁ ସମାଜର ସଭ୍ୟଥିବାରୁ ଆନ୍ଦୋଳନ ପ୍ରତି ସେ ସହାନଭୁତିଶୀଳଥିଲେ । ସେତେବେଳେ ପାର୍ଲିଆମେଣ୍ଟ ଚାଲିଥିଲା। ନଭେମ୍ବର ୬ ତାରିଖ ଦିନ ଶହଶହ ସାଧୁ ମାନେ ଦିଲ୍ଲୀରେ ପହ୍‌ଂଗଲେ । ବିଶିଷ୍ଟ ଶିଳ୍ପପତି ରାମହରି ଡାଲମିଆ ଓ ଅନ୍ୟ କେତେକଶିଳ୍ପପତି ସାଧୁ ମାନଙ୍କ ରହିବା ଖାଇବା ପାଇଁ ଭବ୍ୟ ବ୍ୟବସ୍ଥା କରିଥିଲେ। ସାଧୁ ମାନଙ୍କ ମଧ୍ୟରେ ନାଗା ସାଧୁମାନେ ସଂଖ୍ୟାରେ ବେଶିଥିଲେ । ହାତରେ ତ୍ରୀଶୁଳ ଧରି ଦେହରେ ଭସ୍ମବୋଳି ସଂପୂର୍ଣ୍ଣ ଉଲଗ୍ନ ଏହି ସାଧୁମାନଙ୍କ ହରହର ମହାଦେବ ଧ୍ୱନିରେ ଦିଲ୍ଲୀ କମ୍ପି ଉଠିଲା । ସାତ ତାରିଖ ସକାଳୁ ବିଭିନ୍ନ ଦିଗରୁ ଶୋଭାଯାତ୍ରା ପାର୍ଲିଆମେଣ୍ଟ ଅଭିମୁଖେ ଗତି କଲା। ସହର ର ଦୋକାନ ବଜାର ବନ୍ଦ ଥିଲା। ସାଂସଦ ଭବନ ଆଗରେ ବାରିକେଡ ଦିଆହୋଇ ପୋଲିସ ବନ୍ଧୁକ ଧରି ମୁତୟନ ହୋଇଥାଆନ୍ତି। ଭିତରେ ମାନ୍ୟବର ସଭ୍ୟ ମାନେ ଆଲୋଚନା କରୁଥାଆନ୍ତି । କରପତ୍ରଜୀ,ଜଣେ ଜନସଂଘ ସାଂସଦ ରାମେଶ୍ୱରାନନ୍ଦ ଯେକି ନିଜ ବିଶୃଂଖଳିତ ଆଚରଣ ପାଇଁ ପାର୍ଲିଆମେଣ୍ଟରୁ ବହିଷ୍କୃତ ଥିଲେ ,ଜନସଂଘ ନେତା ବଳରାଜ ମାଧୋକ ଶୋଭାଯାତ୍ରାର ନେତୃତ୍ୱ ନେଇଥିଲେ । ଦିନ ଗୋଟାଏ ବେଳେ ଶୋଭାଯାତ୍ରା ଗେଟପାଖରେ ପହ୍‌ଂଲା। ଠେଲା ପେଲା ଚାଲିଲା। ପୋଲିସ ଲୁହବୁହା ଗ୍ୟାସ ପକାଇଲା ।ତା ପରେ ଲାଠିମାଡ । ସାଧୁମାନେ ତ୍ରୀଶୁଳ ଧରି ମାଡିଗଲେ । ପୋଲିସେ ଗୁଳି ଚଲାଇଲା । ସେଠାରେ ଆଠଜଣ ସାଧୁ ଙ୍କ ମୃତ୍ୟୁ ହେଲା। ଶହଶହ ଆହତ ହେଲେ। ଶୋଭାଯାତ୍ରାକାରୀ ମାନେ ଅନ୍ୟଆଡେ ଖେଦିଗଲେ । ରାସ୍ତାଘାଟରେ ପୋଡାଜଳା କଲେ । ଗାଡିମଟର ଅନ୍ୟ କାର୍ଯ୍ୟାଳରେ ଧସାଇପଶିଲେ ।କଂଗ୍ରେସ ସାଂସଦ ମାନ ଙ୍କ ଘର ଉପରେ ଆକ୍ରମଣ କଲେ। କିଛି ସମୟ ପାଇଁ ଆଇନ ଲୋପପାଇଲା। ସୈନ୍ୟ ବାହିନୀ ଙ୍କୁ ଡକା ଗଲା ସଂଧ୍ୟାସୁଦ୍ଧା ବିକ୍ଷୋଭକାରୀ ଙ୍କୁ ରାଜଧାନୀରୁ ଘଉଡାଇ ଦିଆଗଲା। ଅନେକ ସାଧୁ ଓ ରାଷ୍ଟ୍ରୀୟ ସଂୟସେବକ ଙ୍କୁ ଗିର' କରାଗଲା। ଏହାପରେ ବିଭିନ୍ନ ସାଧୁ ସଂଗଠନ ତର'ରୁ ଏହାକୁ ନିନ୍ଦା କରାଯାଇ ବିଭିନ୍ନ ସ୍ଥାନରେ ଅନଶନ କରାଗଲା । ଦୁଇଜଣ ଅନଶନରେ ମରିଗଲେ । ପୁରୀର ଶଙ୍କରାଚାର୍ଯ୍ୟ ନିରଞ୍ଜନ ତୀର୍ଥ ସ୍ୱାମୀ ୭୩ ଦିନ ଧରି ଅନଶନରେ ବସିଲେ। ଗୃହ ମନ୍ତ୍ରୀ ନନ୍ଦା ଇସ୍ତ'।ଦେଲେ ଓ ରାଜନୀତି ଛାଡିଦେଲେ । ଇନ୍ଦିରା ଗାନ୍ଧୀ କୁଟନୀତି ପ୍ରୟୋଗ କରି ସାଧୁ ମାନ ଙ୍କ ମଧ୍ୟରେ ବିଭେଦ ସୃଷ୍ଟି କଲେ । କେନ୍ଦ୍ରୀୟ ଗୋ ସୁରକ୍ଷା କମିଟି ଭାଙ୍ଗିଗଲା । ଏହା ଉପରେ ଆଲୋଚନା କରି ରିପୋର୍ଟ ଦେବା ପାଇଁ କିଛିସଂାସଦ ଓ ସାଧୁ ମାନ ଙ୍କୁ ନେଇ ଏକ କମିଟି ଗଠନ କରାଗଲେ ମଧ୍ୟ ତାହା ପରସ୍ପର ବିବାଦ ଯୋଗୁ ଚାଲିପାରିଲା ନାହିଁ। କିଛିଦିନ ପରେ ସାଂସଦ ନିର୍ବାଚନରେ କଂଗ୍ରେସ ଦଳ ଅନେକ ରାଜ୍ୟରୁ କ୍ଷମତାରୁ ଗଲା । ସଭାପତି କାମରାଜ ମଧ୍ୟ ନିର୍ବାଚନ ହାରିଗଲେ । ପାର୍ଲିଆମେଣ୍ଟରେ କଂଗ୍ରେସ ବହୁମତ ହରାଇ କମ୍ୟୁନିଷ୍ଟ ଙ୍କ ସମର୍ଥନରେ ସରକାର ଗଠନ କଲା। ଜନସଂଘ ସର୍ବକାଳିନ ଅଧିକ ୩୪ ଟି ସଭ୍ୟପଦ ଜିତି ରେକର୍ଡ ସୃଷ୍ଟିକଲା। ଧର୍ମକୁ ଆଧାର କରି ଯେ କ୍ଷମତାକୁ ଆସିହେବ ସେମାନେ ତାହା ବିଶ୍ୱାସ କଲେ। ବାବରୀ ମସଜିଦ ରାମ ଜନ୍ମଭୂମି ସେମାନ ଙ୍କର ପରବର୍ତ୍ତୀ ଲକ୍ଷ୍ୟ ହେଲା।

ବହୁଦିନ ପରେ ଗୌରିକଦଳ କ୍ଷମତାକୁ ଆସିଲା ପରେ ସେଦିନ ସାଧୁମାନଙ୍କ ମଲା ଶବକୁ ଧରି କାନ୍ଦି କାନ୍ଦି କରପତ୍ରଜୀ ମହାରାଜାଙ୍କ ଭବିଷ୍ୟତ ବାଣୀ,"ଦିନେ ସାଧୁ ମାନେ ପାର୍ଲିଆମେଣ୍ଟ ରେ ରାଜୁତି କରିବେ ଓ ସାଧୁହତ୍ୟାକାରୀ ମାନେ ସବଂଶ ବିନିଷ୍ଟ ହେବେ" ବୋଲି କହିଥିଲେ ବୋଲି ଲୋକେ କୁହନ୍ତି।

*ଓଡ଼ିଶା ନ୍ୟୁଜ୍ ସର୍ଭିସ୍,*
*ଉମରକୋଟ, ନବରଙ୍ଗପୁର,*
*ମୋ: ୯୪୩୭୨୩୫୩୮୬*

# ମଣିପୁରରେ ଜାତିଗତ ହିଂସା


ସୌଭାଗ୍ୟ ରଂଜନ ମହାନ୍ତି(ରାଜା)

ଉତରପୂର୍ବାଚଂଳ ରାଜ୍ୟ ମଣିପୁରରେ ଆକସ୍ମିକ ସୃଷ୍ଟି ହୋଇଥିବା ହିଂସା, ପୋଡାଜଳା ରାଜ୍ୟରେ ଜାତିଗତ ବିବାଦ ଯେ, କେତେ ଉକ୍ରଟ ସ୍ଥିତିରେ ରହିଛି, ତାହାର ସଂକେତ ପ୍ରଦାନ କରିଛି। ଜାତିଗତ ହିଂସାରେ ବର୍ତମାନ ସୁଦ୍ଧା ୬୦ରୁ ଉର୍ଦ୍ଧ୍ୱ ଲୋକଙ୍କର ମୃତ୍ୟୁ ଘଟିଥିବା ସରକାରୀ ଭାବେ କୁହାଯାଇଥିବା ବେଳେ ମୃତ୍ୟୁ ସଂଖ୍ୟା ଆହୁରି ଅଧିକ ଥିବା ବେସରକାରୀ ରିପୋର୍ଟ କହେ। ସେହିପରି ହିଂସାକାଣ୍ଡରେ ୧୫୦ରୁ ଉର୍ଦ୍ଧ୍ୱ ଲୋକ ଗୁରୁତ୍ୱର ଭାବେ ଆହତ ହୋଇଥିବାବେଳେ ପୋଡାଜଳାରେ ହଜାର ହଜାର ଘର କ୍ଷତିଗ୍ରସ୍ତ ହୋଇଛି। ହଜାର ହଜାର ପରିବାର ବାସହରା ହୋଇପଡିଥିବା କୁହାଯାଏ। ତେବେ ପରିସ୍ଥିତିକୁ ନିୟନ୍ତ୍ରଣ କରିବା ପାଇଁ ୧୦ହଜାରରୁ ଉର୍ଦ୍ଧ୍ୱ ସେନା ଫ୍ଲାଗମାର୍ଚ୍ଚ କରୁଥିବାବେଳେ ୮ଟି ଜିଲ୍ଲାରେ ଅନିର୍ଦ୍ଦିଷ୍ଟ କାଳ ପାଇଁ କର୍ଫ୍ୟୁ ଜାରୀ କରିବା ସହ ଦୁର୍ବତଙ୍କୁ ଦେଖିବା ମାତ୍ରେ ଗୁଳି ନିର୍ଦ୍ଦେଶ ଦିଆଯାଇଛି। କେବଳ ଏତିକ ନୁହେଁ, ବିଭିନ୍ନ ଅଂଚଳରେ ମଧ୍ୟ ଇଂଟରନେଟ ସେବାକୁ ବନ୍ଦ କରିଦିଆଯାଇଛି। କହିବା ବାହୁଲ୍ୟ ଯେ, ସୀମାନ୍ତ ତଥା ପାହାଡିଆ ରାଜ୍ୟରେ ଜାତିଗତ ହିଂସା ନୂଆ ନୁହେଁ। ରାଜ୍ୟରେ ଅତି ପ୍ରଭାବଶାଳୀ ସଂପ୍ରଦାୟ ଭାବେ ପରିଚିତ ମୈତେଇ ସଂପ୍ରଦାୟର ଆଦିବାସୀ ମାନ୍ୟତା ଦାବିରେ ଆନ୍ଦୋଳନରୁ ଏଭଳି ପରିସ୍ଥିତି ଉପୁଜିଛି। କହିବା ବାହୁଲ୍ୟ ଯେ, ମଣିପୁରରେ ଜନସଂଖ୍ୟା ଦୃଷ୍ଟିରୁ ମୈତେଇ ସଂପ୍ରଦାୟ ଜନବହୁଳ ଥିବାବେଳେ ମୁଖ୍ୟତଃ ଇମ୍ଫାଲ ଉପତ୍ୟକାରେ ଏହାର ଦବ୍‌ଦବା ରହିଛି। ଇମ୍ଫାଲ ହେଉଛି ମୋଟ ମଣିପୁରର ଏକ ଦଶମାଂଶରୁ ଅଧିକ। ସେହିପରି ରାଜନୈତିକ କ୍ଷେତ୍ରରେ ମଧ ଏହାର ସଂଖ୍ୟାଧିକ ବିଧାୟକ ରହିଛନ୍ତି। ୬୦ଜଣିଆ ବିଧାନସଭାରେ ମୈତେଇ ସଂପ୍ରଦାୟର ଏକାକୀ ଏକ ତୃତୀୟାଂଶରୁ ଅଧିକ ସଦସ୍ୟ ରହିଛନ୍ତି। ଲୋକସଂଖ୍ୟା ଓ ରାଜନୈତିକ କ୍ଷେତ୍ରରେ ଅତ୍ୟନ୍ତ ପ୍ରଭାବଶାଳୀ ଭାବେ ପରିଚିତ ଅଣ ଆଦିବାସୀ ସଂପ୍ରଦାୟ 'ମୈତେଇ' ସଂପ୍ରଦାୟ ଆଦିବାସୀ ମାନ୍ୟତା ଦାବି ଯୋଗୁ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ଉଲ୍ଲେଖଯୋଗ୍ୟ ଯେ, ସଂପ୍ରଦାୟ ପକ୍ଷରୁ ଅଚାନକ ଆନ୍ଦୋଳନ ଡାକରା ଯୋଗୁଁ ସାଂପ୍ରତିକ ପରିସ୍ଥିତି ଉପୁଜିଥିବା କହିଲେ ହୁଏତ ଭୁଲ ହୋଇନପାରେ । ସଂପ୍ରଦାୟକୁ ଆଦିବାସୀ ମାନ୍ୟତା ପ୍ରଦାନ ଦାବି ଏବେ ରାଜ୍ୟରେ ଅଶାନ୍ତିର କାରଣ ହୋଇଛି । ନିକଟରେ ମୈତେଇ ସଂପ୍ରଦାୟକୁ ଆଦିବାସୀ ମାନ୍ୟତା ପ୍ରଦାନ କରିବା ପାଇଁ କେନ୍ଦ୍ର ସରକାରଙ୍କୁ ସୁପାରିଶ କରିବା ପାଇଁ ମଣିପୁର ହାଇକୋର୍ଟ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ସମ୍ଭବତଃ ହାଇକୋର୍ଟଙ୍କ ନିର୍ଦ୍ଦେଶର କାର୍ଯ୍ୟକାରିତା ପାଇଁ ମୈତେଇ ସଂପ୍ରଦାୟ ପକ୍ଷରୁ ଅଚାନକ ଆନ୍ଦୋଳନ ଡାକରା ଯୋଗୁଁ ସାଂପ୍ରତିକ ପରିସ୍ଥିତି ଉପୁଜିଥିବା କହିଲେ ହୁଏତ ଭୁଲ ହୋଇନପାରେ । ଏହା ସତ୍ୟ ଯେ, ମଣିପୁରରେ ଜାତିଗତ ହିଂସା ନୂଆ ନୁହେଁ। ମୈତେଇ ସଂପ୍ରଦାୟର ଆଦିବାସୀ ମାନ୍ୟତା ଦାବିକୁ ରାଜ୍ୟର ଆଦିବାସୀ ସଂଗଠନ ଦୃଢ ବିରୋଧ କରିଛି। ଅଖିଳ ମଣିପୁର ଆଦିବାସୀ ଛାତ୍ର ୟୁନିୟନ ରାଜ୍ୟବ୍ୟାପୀ ଦୃଢ ବିରୋଧ କରିଛି। ଆଦିବାସୀ ସଂଘ ଆଶଙ୍କା ପ୍ରକାଶ କରିଛି ଯେ, ମୈତେଇ ସଂପ୍ରଦାୟ ଆଦିବାସୀ ମାନ୍ୟତା ପାଇଲେ ସେମାନେ ପାଉଥିବା ସଂରକ୍ଷଣ ସହ ଅନ୍ୟାନ୍ୟା ସୁବିଧା ସୁଯୋଗର ଭାଗ କମି ହ୍ରାସ ପାଇବ। ଅହୁରି ମଧ୍ୟ ନ୍ୟାୟାପୈଡା ଓ ସାମରିକ କାର୍ଯ୍ୟାନୁଷ୍ଠାନ ପରେ ସୀମାନ୍ତ ମାମଲାରୁ ଶରଣାର୍ଥୀଙ୍କ ସୁଅ ମଣିପୁରକୁ ଛୁଟିଛି। ରାଜ୍ୟର ଆଦିବାସୀ ମାନ୍ୟତା ପ୍ରାପ୍ତ କୁକି ସଂପ୍ରଦାୟ ସହ ଶରଣାର୍ଥୀଙ୍କ ଉତମ ସମ୍ପର୍କ ଯୋଗୁଁ ଅଣ ଆଦିବାସୀ ମୈତେ ସଂପ୍ରଦାୟ କ୍ଷୁବ୍ଧ ହେବା ସ୍ୱଭାବିକ। ଏହା ନିଶ୍ଚିତ ଯେ ମୈତେଇ ସଂପ୍ରଦାୟର ଆଦିବାସୀ ମାନ୍ୟତା ଦାବିକୁ ଆଦିବାସୀ ସଂଗଠନ ଗୁଡିକର ବିରୋଧ ଯୋଗୁଁ ଦୁଇ ସଂପ୍ରଦାୟ ତଥା ଆଦିବାସୀ ଓ ଅଣ ଆଦିବସୀଙ୍କ ମଧ୍ୟରେ ବିବାଦ ଉଗ୍ରରୂପ ନେଇଛି । ମଣିପୁର ବାହାରେ ଦିଲ୍ଲୀ ବିଶ୍ୱବିଦ୍ୟାଳୟ ଓ ମେଘାଳୟା ସୀମାନ୍ତ ଅଂଚଳରେ ଏହାର ପ୍ରଭାବ ଦେଖିବାକୁ ମିଳିଛି। ଦିଲ୍ଲୀ ବିଶ୍ୱବିଦ୍ୟାଳୟରେ ଅଧ୍ୟୟନରତ କୁକି ସଂପ୍ରଦାୟର ୬ଜଣ ଛାତ୍ର ଅଣ ଆଦିବାସୀ ମୈତେଇ ଛାତ୍ରଙ୍କ ଆକ୍ରମଣରେ ଆହତ ହୋଇଛନ୍ତି। ସେହିପରି ମେଘାଳୟର ସୀମାନ୍ତ ଗ୍ରାମରେ ମଧ ଜାତିଗତ ହିଂସାମୁଣ୍ଡ ଟେକିଛି। କେନ୍ଦ୍ର ସରକାର ଅତ୍ୟନ୍ତ ସତର୍କତାର ସହ ବିବାଦର ସମାଧାନ କରିବା ଅବାଶ୍ୟକ। ସେହିପରି ମୈତେଇ ସଂପ୍ରଦାୟକୁ ଆଦିବାସୀ ମାନ୍ୟତା ଦେବାପାଇଁ ହାଇକୋର୍ଟଙ୍କ ନର୍ଦ୍ଦେଶ ଅନୁଯାୟୀ ରାଜ୍ୟ ସରକାର କେନ୍ଦ୍ର ସରକାରଙ୍କୁ ସୁପାରିଶ କରିବାର ଆବଶ୍ୟକତା ରହିଛି। କହିବା ବାହୁଲ୍ୟ ଯେ, ସମ୍ବିଧାନ ପ୍ରଦତ ସଂରକ୍ଷଣ ଓ ଅନ୍ୟାନ୍ୟ ସରକାରୀ ସୁବିଧା-ସୁଯୋଗ ପାଇବା ପାଇଁ ଏବେ ଉଚ୍ଚବର୍ଗର ଲୋକେ ଯେପରି ଗରିବ ଓ ଅନୁସୂଚିତ ଜନଜାତି(ଏସଟି), ଅନୁସୂଚିତ ଜାତି (ଏସସି) ତାଲିକାଭୁକ୍ତ ହେବାପାଇଁ ବ୍ୟାକୁଳ, ସେଥିରୁ ମୈତେଇ ସଂପ୍ରଦାୟ ଆଦିବାସୀ ମାନ୍ୟତା ଦାବି କରିବାରେ ବିସ୍ମିତ ହେବାର କୌଣସି କାରଣ ନାହିଁ। ରାଜ୍ୟରେ ଶାନ୍ତି ଓ ସ୍ୱାଭବିକ ଅବସ୍ଥାର ପୁନଃ ପ୍ରତିଷ୍ଠା ପାଇଁ ଉଭୟ ରାଜ୍ୟ ଓ କେନ୍ଦ୍ରର କ୍ଷମତାସୀନ ବିଜେପି ସରକାର ସତର୍କତା ସହ ପଦକ୍ଷେପ ନେବା ଜରୁରୀ। ଆଦିବାସୀମାନେ ଖ୍ରୀଷ୍ଟିଆନ ଓ ଅଣ ଆଦିବାସୀ ମୈତେଇ ସଂପ୍ରଦାୟ ହିନ୍ଦୁ ହୋଇଥିବାରୁ ସାଂପ୍ରଦାୟିକ ଜଙ୍ଗଲ ସୃଷ୍ଟି ହେବା ଆଶଙ୍କାକୁ ଏଡାଇ ଦିଆଯାଇନପାରେ।

*ସମ୍ମାନ ଭବନ,*
*ପ୍ଲଟ ନଂ-୫୮/୩୫୮୧,*
*ଗାଙ୍ଗୋତ୍ରୀ ନଗର,*
*ଶରୋଡ ନଂ-୩, ଶିଶୁପାଳଗଡ,*
*ମୋବାଇଲ ନଂ-୯୪୩୭୯୯୪୩୭୯*




# ଓଡ଼ିଶାରେ ମାତୃଶକ୍ତି ଓ ଦୁର୍ଗାପୂଜା ପରମ୍ପରା

ଭାରତୀୟ ସଂସ୍କୃତିରେ ସର୍ବ ପ୍ରଥମେ ବୈଦିକ ଦୁର୍ଗାସୂତରେ ସୂକ୍ଷ୍ମଦୃଷ୍ଟିରେ ଦୁର୍ଗାଙ୍କର ମହିମା ବର୍ଣ୍ଣିତ । ଏହି ଦୁର୍ଗାସୂତ୍ରର ମନ୍ତ୍ର ପଠନ ଦ୍ୱାରା ସମସ୍ତ ଦୁଃଖ ଦୂରୀଭୂତ ହେବାସହ କୁପ୍ରବୃ ିର ବିନାଶ ହୋଇଥାଏ । ଉପନିଶଦ ମାନଙ୍କରେ ତୈ ରୀୟ ଆରଣ୍ୟକର ଯାନ୍ତ୍ରିକ ଉପନିଶଦରେ ପ୍ରଥମେ ଦୁର୍ଗାଙ୍କ ଗାୟତ୍ରୀ ମନ୍ତ୍ର ବିଷୟରେ ସୂଚନା ଦିଆଯାଇଛି । ମହଞ୍ଜୋଦାର ଓ ହର୍‌ପ୍ପାର ପ୍ରତ୍ନତା ିକ ଖନନରୁ ମାତୃଶକ୍ତି ଉପାସନା ସମ୍ବନ୍ଧରେ ଯଥେଷ୍ଟ ପ୍ରମାଣ ମିଳିଛି । ବହୁ ପ୍ରସ୍ତର ନିର୍ମିତ ନାରୀମୂ ି, ଦେବୀ ମୂ ି ଓ ଚକ୍ରାକାର ପ୍ରସ୍ତର ସମୂହରୁ ସେ ସମୟରେ ମାତୃଶକ୍ତି ଉପାସନା ସମ୍ପର୍କରେ ବହୁ ତଥ୍ୟର ଆଭାସ ମିଳେ । ସେହି ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ପ୍ରାଚୀନ ଓଡ଼ିଶାର ମୁଖ୍ୟତଃ କଳିଙ୍ଗ, ଉତ୍କଳ ଓ ଉଡ୍ରଦେଶ ପରି ଏହିପରି ତିନିଗୋଟି ଭୂଖଣ୍ଡରେ ବିଭକ୍ତ ଥିଲା । ସାଧାରଣତଃ କଟକ, ପୁରୀ, ବାଲେଶ୍ୱର, ମୟୂରଭଞ୍ଜ, ଫୁଲବାଣୀ ଓ ସିଂହଭୂମକୁ ଉଡ୍ରଦେଶ ଭାବେ ବୁଝାଯାଉଥିଲା । ଗଞ୍ଜାମ, କୋରାପୁଟ ଓ ତତ୍କାଳୀନ ସୀମାନ୍ତବ ୀ ବିଜୟନଗରମ୍ ଇତ୍ୟାଦି ଅ ଳକୁ କଳିଙ୍ଗ କୁହାଯାଉଥିବାବେଳେ ଅବଶିଷ୍ଟ ଅ ଳକୁ ଉତ୍କଳ କୁହାଯାଉଥିଲା । ଶକ୍ତି ସଙ୍ଗମ ତନ୍ତ୍ରରେ କଳିଙ୍ଗ ଓ ଉତ୍କଳର ନାମଲିପିବଦ୍ଧ ।

ଖ୍ରୀଷ୍ଟ ପୂର୍ବ ତୃତୀୟ ଶତାବ୍ଦୀରୁ ଦ୍ରାବିଡ଼ ସଭ୍ୟତାର ଉନ୍ମେଷ ସମୟରେ ଓଡ଼ିଶାରେ ପ୍ରାଚୀନ ଶବରିତନ୍ତ୍ର ଅନୁଯାୟୀ ମାତୃଶକ୍ତି ଉପାସନା ଆରମ୍ଭ ହୋଇଥିଲା । କିମ୍ବଦନ୍ତୀରୁ ଜଣାଯାଏ ଯେ ଏହି ଉଡ୍ରଦେଶରେ ଏହି ପ୍ରାଚୀନ ଶବରୀତନ୍ତ୍ର ମତରେ ଶବର ରାଜା ବିଶ୍ୱାବସୁ ନୀଳମାଧବଙ୍କୁ ପୂଜା କରୁଥିଲେ ଓ ଶବରୀ କନ୍ୟା ଲଳିତା ଥିଲେ ତାଙ୍କ ସହାୟିକା । ଶବରୀତନ୍ତ୍ରରେ ଯେଉଁ ପତ୍ରମାଳିନୀ ବନଦେବୀଙ୍କୁ ପ୍ରାଚୀନ ଉତ୍କଳରେ ଉପାସନା କରାଯାଉଥିଲା ପରବ ୀ ପୁରାଣ ଓ ତନ୍ତ୍ର ଯୁଗରେ ସେହି ଦେବୀଙ୍କୁ ବନଦୁର୍ଗା ରୂପେ ଉପାସନା କରାଯାଇଥିଲା । ଯାହାପାଇଁ ପ୍ରାଚୀନ ପତ୍ରମାଳିନୀ ଦେବୀଙ୍କ ପରିବର ି ଦ୍ୱିଭୂଜା, ଚର୍ତ୍ତୁଭୂଜା ଓ ଅଷ୍ଟଭୂଜା ପ୍ରଭୃତି ଦେବୀ ମୂ ିଙ୍କର ରୂପ ଓ ଆୟୁଧ କଳ୍ପନା କରାଯାଇଥିଲା । ଏଣୁ ଶବରୀତନ୍ତ୍ରର ବନଦେବୀ ହିଁ ଓଡ଼ିଶାର ପ୍ରାଚୀନ ବନଦୁର୍ଗା ରୂପେ ପ୍ରଥମେ ଆର୍ବିଭୂତା ହୋଇଥିଲେ । ଓଡ଼ିଶାର ପୁରପଲ୍ଲୀରେ ବନଦୁର୍ଗାଙ୍କୁ ପ୍ରସ୍ତର ବା କାଷ୍ଠସ୍ତମ୍ଭରେ ଉପଲବ୍ଧି କରାଯାଇ ସ୍ତମ୍ଭେଶ୍ୱରୀ ରୂପେ ଗ୍ରାମଦେବୀ ଉପାସନା ବହୁଳ ଭାବରେ ପ୍ରଚଳିତ ହୋଇଥିଲା । ପ୍ରତ୍ୟେକ ମାଙ୍ଗଳିକ କାର୍ଯ୍ୟର ଆରମ୍ଭରେ ଯେଉଁ ଦିଅଁ ମଙ୍ଗୁଳା କରାଯାଏ ତାହା ହିଁ ସର୍ବପ୍ରାଚୀନ ଦୁର୍ଗାପୂଜା ବା ଦେବୀପୂଜା ରୂପେ ଓଡ଼ିଶାର ସାଂସ୍କୃତିକ ପରମ୍ପରାରେ ଗୃହୀତ ହୋଇଛି । ଗ୍ରାମଦେବୀ ହିଁ ବନଦୁର୍ଗାଙ୍କ ସ୍ୱରୂପରେ ଉପାସିତା । ବୌଦ୍ଧ ସିଧାଚାର୍ଯ୍ୟମାନଙ୍କ ସାହିତ୍ୟରେ ଶବରସିଦ୍ଧାଚାର୍ଯ୍ୟ, ସରହପା ଓ ସରରୀପା ପ୍ରଭୃତି ନାମର ଉଲ୍ଲେଖ ରହିଛି । ସେ ସମୟରେ ବ୍ରାହ୍ମଣ୍ୟତନ୍ତ୍ର ମୁଖ୍ୟତଃ ମାତୃରୂପୀ ଗାୟତ୍ରୀ ଶକ୍ତିଙ୍କର ଆବାହନା କରି ବୈଦିକ ମାର୍ଗରେ ବ୍ରହ୍ମଶକ୍ତିଙ୍କର ଉପାସନା ପାଇଁ ଉଦ୍ଦିଷ୍ଟ ଥିଲା । ମାର୍କଣ୍ଡେୟ ପୁରାଣ ଅନ୍ତର୍ଗତ ସପ୍ତଶତୀ ଶ୍ରୀଚଣ୍ଡୀ ମହାତ୍ମ୍ୟର ପୃଷ୍ଠଭୂମିରେ ବ୍ରାହ୍ମଣତନ୍ତ୍ରର ସର୍ବପ୍ରାଚୀନ ମହୀଷାମର୍ଦ୍ଦିନୀ ଦୁର୍ଗା ରୂପେ ଯାଜପୁର ଠାରେ ବିରଜାଙ୍କର ଆର୍ବିଭାବ ହୋଇଥିଲା । ଓଡ଼ିଶାରେ ସର୍ବପ୍ରଥମ ଦ୍ୱିଭୂଜା ମହିଷାମର୍ଦ୍ଦିନୀ ଦୁର୍ଗାରୂପେ ବିରଜାଙ୍କୁ ଗ୍ରହଣ କରାଯାଏ ।

ଓଡ଼ିଶାରେ ବ୍ରାହ୍ମଣ୍ୟତନ୍ତ୍ରର ପ୍ରଭାବ ଫଳରେ ଗୁପ୍ତଯୁଗର ଦଶମହାବିଦ୍ୟା ତ ୍ର ଅନୁକରଣରେ ଦୁର୍ଗାଙ୍କର ଦଶବିଧ ମୌଳିକ ରୂପକୁ ନେଇ ଶାକ୍ତମାନେ କୌଳାଚାର ମତ ପ୍ରବ ିନ କରିଥିଲେ । ପ୍ରତ୍ୟେକ ମହାବିଦ୍ୟା କେତେକ ନିର୍ଦ୍ଦିଷ୍ଟ ପଦ୍ଧତି, ପୁବନ, ବର୍ଣ୍ଣ, ପଦ, ଶବ୍ଦ, ମନ୍ତ୍ର, ଯନ୍ତ୍ର, ପଟଳ, କବଚ, କୀଳକ, ସ୍ତୋତ୍ର ଓ ହୃଦୟ ମାଧ୍ୟମରେ ଦେବୀଙ୍କୁ ଉପାସନା କରିବା ପାଇଁ ପ୍ରବ ିତ ହୋଇଥିଲା । ଏହା କୁଳ କୁଣ୍ଡଳିନୀ ଶକ୍ତି ଜାଗରଣ ପାଇଁ ଏକ ବଳିଷ୍ଠ ମାଧ୍ୟମ ଥିଲା । ନାଦ, ବିନ୍ଦୁ ରୂପେ ଶିବ ଓ ଶକ୍ତିଙ୍କୁ ସାଧନାରେ ଉପଲବ୍ଧି କରି ସିଦ୍ଧି ଲାଭ କରାଯାଇଥାଏ । ସ୍ୱର ଓ ବ୍ୟଞ୍ଜନ ଅକ୍ଷରକୁ ମାତୃକା ରୂପେ ଗ୍ରହଣ କରି ବିଭିନ୍ନ ଚକ୍ରରେ ସେହି ଶକ୍ତିଙ୍କୁ ଜାଗ୍ରତ କରିବା ଦ୍ୱାରା କୁଣ୍ଡଳିନୀ ଶକ୍ତି ପ୍ରକାଶିତ ହୋଇଥାନ୍ତି । ଏହି କୌଳାଚାରପୂଜା ଦ୍ୱାରା ସମଗ୍ର ବିଶ୍ୱକୁ ଶ୍ରୀ ଚକ୍ର ମଧ୍ୟରେ ଅନୁଭବ କରାଯାଏ । ସପ୍ତମ ଶତାବ୍ଦୀ ବେଳକୁ ପ୍ରାଚୀନ ଓଡ଼ିଶାରେ ମାତୃଶକ୍ତି ପରମ୍ପରାର ବ୍ୟାପକତା ବୃଦ୍ଧି ପାଇଥିଲା । ପୌରାଣିକ ଦୁର୍ଗାଙ୍କୁ 'ଶ୍ରୀ ଶ୍ରୀ ଚଣ୍ଡୀ' ପୁରାଣରେ ଯେଉଁ ସବୁ ରୂପ, ମୂ ିକଳ୍ପନା ଓ ଆୟୁଧ ସହିତ ବର୍ଣ୍ଣନା କରାଯାଇଥିଲା, ଭୌମକର ରାଜବଂଶର କୀ ିଗୁଡ଼ିକରେ ତାହାକୁ ସର୍ବ ପ୍ରଥମେ ବିଭିନ୍ନ ମନ୍ଦିର ମଧ୍ୟରେ ଓ ମନ୍ଦିର ବାହାରେ ଜୀବନ୍ତ ଭାବରେ ରୂପାୟିତ କରାଯାଇଥିଲା । ବାସ୍ତବରେ ତୈତରୀୟ ଉପନିଷଦରେ ବର୍ଣ୍ଣିତ 'ଦୁର୍ଗୀ' କିମ୍ବା 'ଶ୍ରୀ ଶ୍ରୀ ଚଣ୍ଡୀ'ରେ ବର୍ଣ୍ଣିତ ଚାମୁଣ୍ଡା, ସପ୍ତମାତୃକା, ନବଦୁର୍ଗା କିମ୍ବା ଶବରୀତନ୍ତ୍ରର 'ବନଦୁର୍ଗା'ଙ୍କୁ ଏହି ସପ୍ତମ/ଅଷ୍ଟମ ଶତାବ୍ଦୀରେ ଓଡ଼ିଶାରେ ବିଭିନ୍ନ ଶକ୍ତିପୀଠ, ସହର, ଗ୍ରାମ ପ୍ରଭୃତିରେ ବହୁଳ ଭାବରେ ପ୍ରତିଷ୍ଠା କରାଯାଇଥିଲା । ଅବଶ୍ୟ ସେତେବେଳକୁ ଯାଜପୁରର ବିରଜା ଓ ପୁରୀର ବିମଳା ମୁଖ୍ୟ ଶକ୍ତି ରୂପେ ଉପାସିତା ହୋଇସାରିଥିଲେ । କିନ୍ତୁ ଦୁର୍ଗାପୂଜାର କ୍ରମବିକାଶରେ ଏହି ଭୌମକର ରାଜବଂଶର ଶକ୍ତି ଉପାସକ ରାଜା ଓ କେତେକ ରାଣୀମାନଙ୍କର ଅବଦାନ ଅବିସ୍ମରଣୀୟ ।

ସହକାରୀ ପ୍ରଫେସର, ଶରୀରତ ୍ୱ ବିଭାଗ, ଶ୍ରୀରାମଚନ୍ଦ୍ରଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୮୨୪୯୭୯୯୯୦୬

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି । ଏହା ମୋଟ ୯୦ରୁ ଅଧିକ ସେଲ୍‌ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି । ବର୍ତ୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ । ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ । ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍‌ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍‌ସ ସାମିଲ ରହିଛି । ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍‌ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ । ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ । ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ । ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫର୍‌ମାନ ଘୋଷଣା କରିଛି । ଏହି ଅଫର୍‌ଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି । ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି । ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି । ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି । ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି । ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି । ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି । ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ । ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି ।

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପ ାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତ୍ତୃପକ୍ଷ ସ୍ଥାନୀୟ ସରପ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବା ିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପ ମିତା ମୁଣ୍ଡା, ପୂର୍ବତନ ସରପ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କ୍ରସରରେ ଚାପିହୋଇ ଜଣେ ଶ୍ରମିକ ମୃତ, ଅନ୍ୟ ଜଣେ ଗୁରୁତର

ଧର୍ମଶାଳା,(ପିଏନ୍): ଧର୍ମଶାଳା ତହସିଲ ଜେନାପୁର ଥାନା ଅ'ର୍ଗତ ରହାଡପୁରସ୍ଥିତ ଏକ କ୍ରଶର୍ ରେ କାମ କରୁଥିବା ବେଳେ ଅଘଟଣ ଘଟି ଜଣେ ଶ୍ରମିକ ଙ୍କ ମୃତ୍ୟୁ ଘଟିଥିବା ବେଳେ ଜଣେ ଗୁରୁତର ଆହତ ହୋଇଥିବା ଜଣାପଡିଛି । ମୃତ ଶ୍ରମିକ ଜଣକ ପଶ୍ଚିମବଙ୍ଗ ବାଙ୍କୁଡା ଜିଲ୍ଲା ଖଜୁରିଆ ଗ୍ରମର ଶ୍ୟମଚରଣ ହଂସଦା (୪୫) ଓ ଆହତ ଜଣକ ସେହି ଗ୍ରାମର ଅନିଲ ସୋରେନ (୩୨) ବୋଲି ଜଣାପଡିଛି ସୂଚନା ମୁତାବକ ରହାଡପୁର ରେ ଥିବା ଶିବଶକ୍ତି ମେଗା କ୍ରାସର ରେ ଆଜି ସକାଳୁ ଶ୍ରମିକମାନେ କାମ କରୁଥିବା ବେଳେ ଅସାବଧାନତା ବସତ କ୍ରଶର ଚକରେ ଚାପି ହୋଇ ଜଣକର ମୃତ୍ୟୁ ଘଟିଥିବା ବେଳେ ଆନ୍ୟ ଜଣେ ଶ୍ରମିକ ଗୁରୁତର ଆହତ ହୋଇଥିଲେ । ଦୁର୍ଘଟଣାରେ ଆହତ ଶ୍ରମିକଙ୍କୁ ସ୍ଥାନୀୟ ଶ୍ରମିକମାନେ ଉଦ୍ଧାର କରି ବଡଚଣା ଡାକ୍ତରଖାନାରେ ଭର୍ତି କରିଥିଲେ । ଅବସ୍ଥା ଗୁରୁତର ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି । ଘଟଣାସ୍ଥାଳରେ ମୃତ୍ୟୁ ଘଟିଥିବା ଶ୍ରମିକର ମୃତଦେହକୁ କ୍ରଶର ପରିଚାଳନା ଦାୟିତ୍ୱରେ ଥିବା କର୍ମଚାରୀ ଏକ ମହେନ୍ଦ୍ର ପିକଅପଭ୍ୟାନରେ ଭଡିକରି ମୃତକର ଶବ କୁ ଅନ୍ୟତ୍ର ନେଇଯାଉଥିବା ବେଳେ ଶବକୁ ଗାଏବ୍ କରିବା ଅଭିଯୋଗ କରି ସ୍ଥାନୀୟ ଲୋକେ ସମ୍ପାରୁ ଛକରେ ମୃତ ଦେହକୁ ଅଟକ ରଖି ରାସ୍ତା ରୋକ କରିଥିଲେ । ଫଳରେ ସେଠାରେ କିଛି ସମୟ ପାଇଁ ଚାପା ଉତେଜନା ପ୍ରକାଶ ପାଇଥିଲା । ଖବର ପାଇ ଘଟଣା ସ୍ଥଳରେ ଯାଜପୁର ରୋଡ ଏସଡିଓ ସୟ କୁମାର ପଟ୍ଟନାୟକ, ବଡ଼ଚଣା ଥାନା ଅଧିକାରୀ ଶରତ କୁମାର ପାତ୍ର, ଧର୍ମଶାଳା ଥାନା ଅଧିକାରୀ ତପନ କୁମାର ନାୟକ, ଜେନାପୁର ଥାନା ଅଧିକାରୀ ଶୁଭେନ୍ଦୁ କୁମାର ସାହୁଙ୍କ ସମେତ ଥାନା କର୍ମଚାରୀମାନେ ସେଠାରେ ଉପସ୍ଥିତ ରହି ଲୋକଙ୍କୁ ବୁଝାଶୁଝା କରିଥିଲେ । ମୃତକର ପରିବାରକୁ ୫୦ ଲକ୍ଷ ଟଙ୍କା କ୍ଷତିପୂରଣ ପ୍ରଦାନ କରିବା ସହ ବେଆଇନ କ୍ରଶର ଗୁଡିକୁ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କରିବା ସହ ଗ୍ରାମବାସିମାନେ ଲିଖିତ ଆକାରରେ ପୁଲିସ ନିକଟରେ ଅଭିଯୋଗ କରିଥିଲେ । ତେବେ ମୃତକର ପରିବରକୁ କ୍ଷତିପୂରଣ ପ୍ରଦାନ ସହିତ ବେଆଇନ କ୍ରଶର ଗୁଡିକ ଚିହ୍ନଟ କରି କାର୍ଯ୍ୟାନୁଷ୍ଠାନ ପାଇଁ ତହସିଲଦାରଙ୍କୁ ଅବଗତ କରାଯିବା ନେଇ ପୁଲିସ ପକ୍ଷରୁ ପ୍ରତିସୃତି ମିଳିବା ପରେ ଲୋକେ ଶବକୁ ଛାଡିବା ସହିତ ରାସ୍ତାରୋକରୁ ହଟିଥିଲେ । ଏନେଇ ଜେନାପୁର ପୁଲିସ ଏକ କେଶ ରୁଜୁ କରି ମୃତଦେହକୁ ଜବତ କରି ବ୍ୟବଛେଦଲାଗି ପଠାଇବା ସହ ତଦନ୍ତ ଚଳାଇଛି ।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି । ନୂତନ ଲିଜ୍ ପାଇଥିବା କାସ୍‌ଭି ଇ ରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା । ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକ ୀ ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି । ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପଷ ବୁଝାମଣାରେ ନିଷ୍ପତି ନିଆଯିବ ।

## ୮ ସିଫ୍ଟ ଶାଗୁଆନ କାଠ ଜବତ, ଜଣେ ଗିରଫ



କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲାର କିରିବୁର ସେଲ କଲୋନୀରେ ଶୁକ୍ରବାର ସକାଳ ସମୟରେ ବନବିଭାଗର ଏନଫୋର୍ସମେ ସ୍କ୍ୱାର୍ଡ ଅତର୍କିତ ଚଢାଉ କରି ୪୮ ପିସ୍ ଶାଗୁଆନ କାଠ ଜବତ କରିଛି । ଏସିଏଫ୍ ଅଜୟ କୁମାର ସାହୁଙ୍କ ତ ୍ୱାବଧାନରେ ଚମ୍ପୁଆ ରେଞ୍ଜର ଘାସିରାମ ପାତ୍ର,ବଡବିଲ ରେଞ୍ଜର ମାନସ କୁମାର ମୁର୍ମୁ,ମୋବାଇଲ ଫରେଷ୍ଟର ଶଶୀଭୂଷଣ ବାରିକ,ବସନ୍ତ ମୁର୍ମୁଙ୍କ ସମେତ ଅନ୍ୟ ବନ କର୍ମଚାରୀମାନେ କିରିବୁର ସେଲ କଲୋନୀର ଗୌତମ ବାରିକଙ୍କ ଘରେ ଚଢାଉ କରିଥିଲେ । ଚଢାଉବେଳେ ୪୮ ପିସ୍ ଶାଗୁଆନ କାଠ ଜବତ କରାଯାଇଥିଲା, ଯାହାକି ୮ ସିଫ୍ଟ ହେବ ଏବଂ ଏହାର ଆନୁମାନିକ ମୂଲ୍ୟ ୨୫ହଜାର ଟଙ୍କା ହେବ ବୋଲି ଜଣାପଡିଛି ।

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି । ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ । ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା । ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା । ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା । ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା । ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍‌୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି । ଭିଟାରା ବ୍ରିଜାର ଏକ ନିର୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି । ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ । ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି । ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି । ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା । ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି । ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି ।''

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି । ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି । ରଙ୍ଝ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲାପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିପଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ । ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି । ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି । ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଙ୍କ୍ରଙ୍କକ୍ଟ୍ରସ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର । ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ । ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ । ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି । ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢ଼ାଇବାକୁ ଆଶା ରଖିଛୁ । ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି ।




# ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା। ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା। ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ। ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି। ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର। ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ୍ୟ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି। ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ। ଭୀମ ଭୋଇ ନିଜ ଇଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ। ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ। ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ। ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା। ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ'। ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ। ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ। ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ। ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି। ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି। ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା। ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧ୍ୟାତ୍ମିକ ସାଧକ ଅତ୍ୟନ୍ତ ବିରଳ। ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା। ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ୍ୟ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ। ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ।

# ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧ୍ୟକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା। ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗାଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ। ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା। ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ। ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ। ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେର, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି। ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ। ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଲ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି। ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର। ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ। ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି। ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ। ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ। କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ। ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି। ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ। ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ। ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି। ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡୁ, ଅରବିନ୍ଦ ଷଡଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି। ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି। ଏହାର ସଂଳାପ ଲେଖିଛନ୍ତି ଟୁକୁନା। ଚଳଚିତ୍ରର କାହାଣୀ ସହ ସଂଗୀତ ମଧ୍ୟ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି।

# ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ



ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ । ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ । ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ୍ୟ ଶୁଣିବାକୁ ମିଳେ । ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ। ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ । ଏହା ଓଡ଼ିଆଣୀ କୁଳବଧୂମାନଙ୍କର ଏକ ନିଆରା ପର୍ବ । କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି । ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ



ହାଣ୍ଡିଭଙ୍ଗାଯାତକୁ ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି ।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ । ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି । ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା



ପରେ ମା'ଙ୍କ ପୂଜକ ଗାଧୁଆ ନୀତି ସମ୍ପନ୍ନ କରିଥାନ୍ତି । ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ । ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ। ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଳି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି । ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି । ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି । ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି । ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା



ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି । ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି ଏହି ବନ୍ତକୁ ସାତଥର ପ୍ରଦକ୍ଷିଣ କରିବା ପରେ ବନ୍ତ ଚୂଡ଼ାରେ



ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି । ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି । ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବାର ବିଧି ରହିଛି ।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ। ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ । ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ । ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ । ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ । ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି ।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମୁଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା



ହଣ୍ଡିଭଙ୍ଗା ଯାତ। କେବଳ ପରମ୍ପରା ରକ୍ଷା କରାଯାଇଥିଲା । ଚଳିତ ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ। ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ । ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ । ୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢ଼ିଆଳିର ରଘୁନାଥ ଜିୟୁ



ରାମନାଟ ସଂସଦ ପକ୍ଷରୁ ଲବକୁଶ ଜନ୍ମ ପରିବେଷଣ କରାଯିବ। ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ



ସଭା ଓ ରାତ୍ର ୯ଟାରେ ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଟ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି । ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦନ ବେହେରା, ଅନିଲ



ନାୟକ, ସଦାଶିବ ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m. x 4cm: Rs. 8,000/- (One Month)
10c.m. x 4cm: Rs. 350/- (One day)
5c.m. x 4cm: Rs. 5,000/- (One Month)
5c.m. x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଉଠକୀୟତା ଅର୍ଜ୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧକ୍ଷ ଡଃ. ଅମୀୟ ଜେନା, ପ୍ରାଧାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

## ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

## ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧାପକ, ଅଧାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧାପକ ଓ ଅଧାପିକାମାନଙ୍କ ଅଭିଯୋଗ ଆଧାରରେ ଅଧକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧାପକ, ଅଧାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧାପକ, ଅଧାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣ ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧକ୍ଷ ଓ ଅଧାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତ୍ତି ସମୟ ହିଁ କହିବ ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada

୨୭ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
# ପର୍ଯ୍ୟବେକ୍ଷକ
Bhubaneswar Tuesday December 10 ଭୁବନେଶ୍ୱର ମଙ୍ଗଳବାର, ଡିସେମ୍ବର ୧୦,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## ଇତିହାସ ରଚିଲା ଓଡିଶା ପୁରୁଷ ହକି ଦଳ, ପ୍ରଥମ ଥର ପାଇଁ ଜିତିଲା ଜାତୀୟ ସିନିୟର ହକି ଚାମ୍ପିୟନସିପ

ଭୁବନେଶ୍ୱର, (ପି.ଏନ): ପ୍ରଥମ ଥର ପାଇଁ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ଜିତିଛି ଓଡିଶା। ଆଜି ଚେନ୍ନାଇର ମେୟର ରାଧାକୃଷ୍ଣନ ହକି ଷ୍ଟାଡିୟମରେ ହରିୟାଣାକୁ ୫-୧ ଗୋଲରେ ପରାସ୍ତ କରି ଏହି ଇତିହାସ ରଚିଛି ଓଡିଶା। ତାମିଲନାଡୁ ଉପ-ମୁଖ୍ୟମନ୍ତ୍ରୀ ଉଦୟନିଧି ଷ୍ଟାଲିନ ଓଡିଶା ଦଳକୁ ଟ୍ରଫି ପ୍ରଦାନ କରିଥିଲେ। ଏହି ସମୟରେ ସେଠାରେ ହକି ଇଣ୍ଡିଆ ସଭାପତି ଦିଲ୍ଲୀପ ତିର୍କୀ ଉପସ୍ଥିତ ଥିଲେ ।ଓଡିଶା ମଣିପୁରକୁ ୪-୨ ଗୋଲରେ ପରାସ୍ତ କରି ଚଳିତ ଥର ପ୍ରଥମ ଥର ପାଇଁ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ଫାଇନାଲରେ ପ୍ରବେଶ କରିଥିଲା। ସେହିପରି ହରିୟାଣା ୩-୨ ଗୋଲରେ ଉତ୍ତର ପ୍ରଦେଶକୁ ହରାଇ ଫାଇନାଲରେ



ପହଞ୍ଚିଥିଲା ।ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପ ୨୦୧୧ରୁ ଆରମ୍ଭ ହୋଇଛି। ୨୦୧୬ରେ ଅନୁଷ୍ଠିତ ଷଷ୍ଠ ଜାତୀୟ ସିନିୟର ପୁରୁଷ ହକି ଚାମ୍ପିୟନଶିପରେ ଓଡିଶା ତୃତୀୟ ସ୍ଥାନ ହାସଲ କରିଥିଲା। ଆଉ ଏତେ ବର୍ଷର ଅପେକ୍ଷାକୁ ଅନ୍ତ କରି ଆଜି ଦଳ ଏହି ଚାମ୍ପିୟନଶିପର ଚତୁର୍ଦଶତମ ସଂସ୍କରଣରେ ଚାମ୍ପିୟନ ହୋଇଛି।

## କେଶରୀ ଯ୍ୟା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ

ଭୁବନେଶ୍ୱର,(ପି.ଏନ): ସୋମବାର ଦିନ ଦିବା ୧୧ ଘଣ୍ଟା ସମୟରେ କେଶରୀ ଯ୍ୟା ହିନ୍ଦୁ ବାହିନୀ ଓଡ଼ିଶା ସଂଗଠନ ତରଫରୁ ଭୁବନେଶ୍ୱର ସ୍ଥିତ ରାଜ୍ୟ କାର୍ଯ୍ୟାଳୟ ଠାରେ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ରାଜ୍ୟ ସଭାପତି ଶ୍ରୀ ସନ୍ତୋଷ ଭୋଳଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଥିବା ଏହି ସାମ୍ବାଦିକ ସମ୍ମିଳନୀ ରେ ରାଜ୍ୟ କାର୍ଯ୍ୟକାରୀ ସଭାପତି ରୁଦ୍ର ନାରାୟଣ ଜିତ୍ ବାବୁ, ରାଜ୍ୟ ମାର୍ଗଦର୍ଶକ ପ୍ରଦ୍ୟୁମ୍ନ ଦାଶ, ରାଜ୍ୟ ସାଧାରଣ ସମ୍ପାଦକ ଅମରେଶ ସାମନ୍ତ, ରାଜ୍ୟ ଉପସଭାପତି ସଞ୍ଜୟ ବାରିକ, ଆର୍ଯ୍ୟ ବ୍ରତ ସାମଲ, ବ୍ରହ୍ମ ପ୍ରସାଦ ମହାପାତ୍ର, ରାଜ୍ୟ ସମ୍ପାଦକ ଅଞ୍ଜନ ତ୍ରିପାଠୀ, ଅନିଲ ମହାନ୍ତି, ରାଜ୍ୟ ରାଲି ପ୍ରମୁଖ ନିଗମ ମହାନ୍ତି, ରାଜ୍ୟ ପ୍ରବକ୍ତା ନିଗମାନନ୍ଦ ଜେନା, ସାର୍ଥକ ମହାପାତ୍ର, ପ୍ରତ୍ୟୁଷ ପରିଜା, ଆଲ୍ଲା ରାୟ, ଆଶୋକ ଗଣ୍ଡିଆ ପ୍ରମୁଖ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।



## ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ ପରେ କାର୍ଯ୍ୟାନୁଷ୍ଠାନ ଶୂନ୍ୟ : ବି.ଇ.ଓଙ୍କ ପଦୋନ୍ନତି ପାଇଁ ଚାଲିଛି ମସୁଧା

ମାହାଙ୍ଗା ,(ପି.ଏନ): ପୂର୍ବରୁ ଯେଉଁଭଳି ଭାବରେ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଅଭିଯୋଗ କଲେ ତାହା କେବଳ କାର୍ଯ୍ୟାଳୟ ଡାଏରୀରେ ପଞ୍ଜିକରଣ କରାଯାଇ ସଂପୃକ୍ତ ବିଭାଗକୁ ପଠାଇ ଦିଆଯାଉଥିଲା। ଠିକ୍ ସେହିଭଳି ବ ମାନର ମାନ୍ୟବର ମୁଖ୍ୟମନ୍ତ୍ରୀ ନିକଟରେ ଯଦି ଡାକଯୋଗେ ଅଭିଯୋଗ ପତ୍ର ପଠାଯାଉଛି ତେବେ ପୂର୍ବବ ।ଧାରାକୁ ଅବଲମ୍ବନ କରାଯାଇ ଅଭିଯୋଗକୁ କାର୍ଯ୍ୟାଳୟରେ ପଞ୍ଜିକରଣ କରାଯିବା ସହ ସଂପୃକ୍ତି ବିଭାଗକୁ ପଠାଇ ଦେଉଥିବା ସୂଚନା ତଥ୍ୟରୁ ଜଣାପଡିଛି। ଏଠାରେ ସୂଚନା ଯୋଗ୍ୟ ଯେ ତା୧୮.୭. ୨୦୨୪ରିଖରେ ମାହାଙ୍ଗା ଅଂଚଳର ଗଣମାଧ୍ୟମ ପ୍ରତିନିଧି ବିବେକାନନ୍ଦ ଦାସ ରାଜ୍ୟମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିକଟରେ ମାହାଙ୍ଗା ବ୍ଲକ ଶିକ୍ଷାଧିକାରୀଙ୍କ ବିରୁଦ୍ଧରେ ଅଭିଯୋଗ କରିଥିଲେ। ମାହାଙ୍ଗା ବ୍ଲକ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ସୂଚନା ତଥ୍ୟ ନଂ୮୬୧ ତା ୨୪.୫.୨୦୨୪ରେ ପ୍ରଦାନ ତଥ୍ୟ ଅନୁଯାୟୀ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ବ୍ୟାପକ ଅନିୟମିତତା ହୋଇଥିବା ସଂପର୍କୀତ ଅଭିଯୋଗ ମୁଖ୍ୟମନ୍ତ୍ରୀଙ୍କ ନିକଟରେ କରାଯାଇଥିଲା। ଏ ସଂପର୍କରେ ତା୧୮.୮. ୨୦୨୪ରିଖରେ ସୂଚନା ତଥ୍ୟ ପାଇବା ପାଇଁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଆବେଦନ କରାଯାଇଥିଲା। ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ଓଡ଼ିଶା ଚିଠି ନଂ୨୫୯୩ ତା୨୯.୮.୨୪ରିଖ ସୂଚନା ତଥ୍ୟରେ ଦର୍ଶାଯାଇଥିଲା ତା୧୮.୭.୨୦୨୪ରିଖର ଅଭିଯୋଗ ଏହି କାର୍ଯ୍ୟାଳୟ ଡାଏରୀ ସଂଖ୍ୟା ୪୯୩୨/ସିଏମ୍ ॥ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗକୁ ପ୍ରେରଣ କରାଯାଇଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଚିଠି ନଂ୨୧୮୮୭ ତା ୩୧.୮.୨୦୨୪ରିଖରେ ଲୋକସୂଚନା ଅଧିକାରୀ ଇନ୍‌ଚାର୍ଯ ସେକ୍‌ସନ୍ ଆଇ.ଭି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଏବଂ ଲୋକସୂଚନା ଅଧିକାରୀ,ଜିଲ୍ଲାଶିକ୍ଷାଧିକାରୀଙ୍କୁ ସୂଚନା ତଥ୍ୟ ପ୍ରଦାନ ନିମନ୍ତେ ପଠାଯାଇଥିବା ଚିଠିରେ ଦର୍ଶାଯାଇଥିଲା। ପରବ । ସମୟରେ ବିଦ୍ୟାଳୟ ଗଣଶିକ୍ଷା ବିଭାଗ ଓଡ଼ିଶା ୨୩୧୦୦ ତା ୧୨.୯.୨୦୨୪ରିଖରେ ଲୋକସୂଚନା ଅଧିକାରୀ ପ୍ରାଥମିକ ଶିକ୍ଷାନିର୍ଦ୍ଦେଶାଳୟ ଓଡ଼ିଶା ଭୁବନେଶ୍ୱରକୁ ଆବେଦନପତ୍ର ହସ୍ତାନ୍ତର କରଯାଇଥିବା ଦର୍ଶାଯାଇଥିଲା। ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ଓଡିଶା,ଭୁବନେଶ୍ୱର ଚିଠି ନଂ ୨୦୦୪୧ ତା ୨୬.୯. ୨୦୨୪ରିଖରେ ଲୋକସୂଚନା ଅଧିକାରୀ ଏବଂ ଏଷ୍ଟାବିଲିସ୍‌ମେ ସେକ୍‌ସନ୍ ପଠାଯାଇଥିବା ସୂଚନା ଦିଆଯାଇଥିଲା। ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ଚିଠି ନଂ୨୦୭୩୬ ତା ୫.୧୦.୨୦୨୪ରିଖରେ ଜିଲ୍ଲାଶିକ୍ଷାଧିକାରୀଙ୍କ କଟକଙ୍କୁ ସୂଚନା ତଥ୍ୟ ପ୍ରଦାନ ନିମନ୍ତେ ଚିଠି କରାଯାଇଥିବା ଜଣାପଡିଥିଲା। ଏଠାରେ ପ୍ରଶ୍ନ ଉଠୁଛି ଯେ ଏକମାସ ମଧ୍ୟରେ ସୂଚନା ତଥ୍ୟ ଆବେଦନକାରୀଙ୍କୁ ତଥ୍ୟ ପ୍ରଦାନ କରାଯିବ ହେଲେ ବ ମାନ ସୁଧା ୧୮.୮.୨୦୨୪ରିଖରେ ସୂଚନା ତଥ୍ୟ ପାଇଁ ଆବେଦନ କରିଥିଲେ ମଧ୍ୟ ଆବେଦନକାରୀଙ୍କୁ ସୂଚନା ତଥ୍ୟ ପ୍ରଦାନ କରାଯାଉନାହିଁ। ବିଦ୍ୟାଳୟ ଗଣଶିକ୍ଷା ବିଭାଗ ପକ୍ଷରୁ ଏବେ ବି.ଇ.ଓ.ଙ୍କ ପଦୋନ୍ନତି ପାଇଁ ତାଲିକା ପ୍ରସ୍ତୁତ କରାଯାଇଥିବା ଜଣାପଡିଛି । ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ବିଜ୍ଞପ୍ତି ନମ୍ବର ତା. ୨୮୪୨୫,ତା.୧୮.୧୧.୨୦୨୪ ରିଖରେ ପଦୋନ୍ନତି ପାଇବା ପାଇଁ ଅଫିସରମାନଙ୍କର ତାଲିକା ପ୍ରକାଶ ପାଇଛି । ୧୩ ନମ୍ବର ତାଲିକାରେ ବି.ଇ.ଓ. ମାହାଙ୍ଗା କଟକଙ୍କର ନାମ ରହିଛି । ତେବେ ପ୍ରଶ୍ନ ଉଠୁଛି କିଭଳି ଭାବରେ ବିଜେପି ସରକାର ଦୁର୍ନୀତିଗ୍ରସ୍ତ ଅଧିକାରୀମାନଙ୍କ ବିରୁଦ୍ଧରେ ଅଭିଯୋଗ ପରେ ବି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନକରି ତାଙ୍କର ପଦୋନ୍ନତି କରୁଛନ୍ତି । ଏହାଫଳରେ ସାଧାରଣରେ ସରକାରଙ୍କର ଏଭଳି ନୀତିକୁ ନେଇ ଅସନ୍ତୋଷ ବଢିବାରେ ଲାଗିଛି । ଯଦି ତଦନ୍ତ କରାଯାଇଛି ତେବେ ସୂଚନା ତଥ୍ୟ ମାଗିଲେ ତଥ୍ୟ ପ୍ରଦାନ କରାଯାଉ ନାହିଁ କାହା ସ୍ୱାର୍ଥରେ । ଏଣୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ମନ୍ତ୍ରୀ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସର୍ବସାଧାରଣରେ ଦାବି ହେଉଛି ।

## ଯୋଗେନ୍ଦ୍ର ଯାଦବଙ୍କ ସହ ଲୋହିଆ ଏକାଡେମୀରେ ବାର୍ତ୍ତାଳାପ

ଭୁବନେଶ୍ୱର,(ପି.ଏନ): ଦେଶର ବର୍ତ୍ତମାନର ସ୍ଥିତିକୁ କେବଳ ସଙ୍କଟର ନାମ ଦେଲେ ହେବ ନାହିଁ, ଶହେ ବର୍ଷର ସଂଗ୍ରାମର ନିର୍ଯ୍ୟାସ ରୂପେ ଯେଉଁ ସମ୍ବିଧାନ ଆମ ଭାରତରେ ପ୍ରସ୍ତୁତ ହୋଇଥିଲା, ତାହାକୁ ୨୦୧୯ ଆସିବା ବେଳକୁ ଆମେ ନଷ୍ଟ କରିସାରିଲୁଣି । ସ୍ୱାଧୀନତା ପରର ଗଣତନ୍ତ୍ର ସମ୍ପୂର୍ଣ୍ଣ ଲୋପ ପାଇସାରିଛି, ତାହା ସ୍ଥାନରେ ଗଣତନ୍ତ୍ର ଆଳରେ ହିନ୍ଦୁତ୍ୱ ଭଳି ଏକଛତ୍ରବାଦ ମୂଳକ ସମାଜ ସ୍ଥାପନ ନିମନ୍ତେ ପ୍ରୟାସ ଚାଲିଛି । ସେହି ଦୃଷ୍ଟିରୁ ଆମେମାନେ ବର୍ତ୍ତମାନ ନୋ ମ୍ୟାନ୍ସ ଲ୍ୟାଣ୍ଡରେ ଛିଡା ହୋଇଛୁ । ଭାରତ ଓ ଦକ୍ଷିଣ ଆଫ୍ରିକାର ସମ୍ବିଧାନ ବିଂଶ ଶତାବ୍ଦୀର ସମଗ୍ର ବିଶ୍ୱ ନିମନ୍ତେ ଶେଷ୍ଠ ଦସ୍ତାବିଜ ଅଟେ । ଏହାର ବିନଷ୍ଟର ଅର୍ଥ କେବଳ ଆମ ଦେଶ ନୁହେଁ ସମଗ୍ର ପୃଥିବୀର ଆମେ କ୍ଷତି କରୁଛେ । ଭାରତୀୟ ରାଜନୀତିରେ ଆଦର୍ଶଗତ ବିଚାର ସମାପ୍ତ ହୋଇଯାଇଛି । ସମାଜବାଦ ଉପରେ ଆଧାରିତ କରୁଣା, ଧର୍ମନିରପେକ୍ଷତା ଆଧାରିତ ମୈତ୍ରୀ ଓ ସମତା ଆଧାରିତ ନମ୍ରତା ଆମ ଗଣତନ୍ତ୍ରର ମୂଳାଧାର ଅଟେ । ୨୦୨୪ ସାଧାରଣ ନିର୍ବାଚନ କେନ୍ଦ୍ର ସରକାର ଓ ତାହାର ଆଦର୍ଶ କେନ୍ଦ୍ର ସଂଘ ପରିବାରକୁ ନୂଆ ସମ୍ବିଧାନ ଲାଗୁ କରିବାରେ ରୋକ ଲଗାଇଛି । ତେବେ ଆମକୁ ଆମ ମୂଳ ଗଣତନ୍ତ୍ର ଓ ସମ୍ବିଧାନକୁ ଫେରାଇ ଆଣିବାକୁ ସଂସଦୀୟ ଏକଛତ୍ରବାଦରୁ ଭାରତକୁ ମୁକ୍ତ କରିବାକୁ ପଡିବ ବୋଲି ଲୋହିଆ ଏକାଡ?ମୀଠାରେ ଲୋହିଆ ଏକାଡ?ମୀ, ଜୟ କିସାନ ଆନ୍‌ଦୋଳନ ଓ ଭାରତ ଯୋଡୋ ଆନ୍‌ଦୋଳନ ପକ୍ଷରୁ ଦେଶର ବିଶିଷ୍ଟ ସମାଜଶାସ୍ତ୍ରୀ ତଥା ଭାରତ ଯୋଡୋ ଅଭିଯାନର ରାଷ୍ଟ୍ରୀୟ ସଂଯୋଜକ ଯୋଗେନ୍ଦ୍ର ଯାଦବ ଏକ ନାଗରିକ ଆଲୋଚନାରେ ମତବ୍ୟକ୍ତ କରିଛନ୍ତି । ସେ ଆହୁରି ମଧ କହିଛନ୍ତି ଯେ, ତିନି ସ୍ତରରେ ଏକଛତ୍ରବାଦ ବିରୋଧରେ ଲଢିବାକୁ ହେବ ।

## ଇଂ.ବିବେକାନନ୍ଦ ସାସମଲଙ୍କୁ ଶ୍ରଦ୍ଧାଞ୍ଜଳି



ଫୁଲନଖରା,ପି.ଏନ: ସଦର ଥାନା ଅନ୍ତର୍ଗତ ବଡ଼ଝରିଲୋ ମୌଜାର ଅବସରପ୍ରାପ୍ତ ଯନ୍ତ୍ରୀ ଇଂ.ବିବେକାନନ୍ଦ ସାସମଲଙ୍କ ପ୍ରଥମ ବାର୍ଷିକ ଶ୍ରାଦ୍ଧୋତ୍ସବ ଆଇନଜୀବୀ ଅଶୋକ ସାସମଲଙ୍କ ଅଧ୍ୟକ୍ଷତାରେ କୁରାଙ୍ଗଶାସନସ୍ଥ ଶ୍ରୀଜଗନ୍ନାଥ ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଅଶ୍ୱିନୀ ମହାପାତ୍ର, ହଂସନାଥ ସାହୁ, ସୁରେନ୍ଦ୍ରନାଥ ଛୋଟରାୟ, ଉମାକା' କର, ଦିଲୀପ ବେହେରା, ଅଜୟ ପତି, ଗିରିଧାରୀ ସାହୁ, କୈଳାସଚନ୍ଦ୍ର ପାତ୍ର, ସୁବୋଧକୁମାର ପାତ୍ର, କୈଳାସଚନ୍ଦ୍ର ସାହୁ, ସୁବୋଧ ପଟ୍ଟନାୟକ, ଉଲ୍ଲାସ ମହାପାତ୍ର, ପଣ୍ଡିତ ବିମ୍ବାଧର ଦାସ, ଅଜିତକୁମାର ସାହୁ, ଜୟଦେବ ସାହୁ, ଗଗନବିହାରୀ ଦାସ, ସୁବୋଧ ପ୍ରଧାନ, ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ଖଗେଶ୍ୱର ପାତ୍ର, ବିଷ୍ଣୁଚରଣ ନାୟକ, ଡାକ୍ତର ଭିକାରୀଚରଣ ସାହୁ, ଲଳିତକୁମାର ଦାଶ, ଧିରେନ୍ଦ୍ର ସାହୁ, କୃଷ୍ଣଚନ୍ଦ୍ର ପାଣିଗ୍ରାହୀ ପ୍ରମୁଖ ଯୋଗଦେଇ ଫଟୋଚିତ୍ରରେ ମାଲ୍ୟାର୍ପଣ କରିବା ସହିତ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ଦୁଇ ମିନିଟ ନିରବ ପ୍ରାର୍ଥନା ହୋଇଥିଲା। ଅନୁପ ସାସମଲ, ଅରୂପ ସାସମଲ ଓ ରାନୁ ଦାସ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray